୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Voö.26 . No.291 Bhubaneswar Friday January 03 2025 | ୨୬ତମ ବର୍ଷ ସଂଖ୍ୟା-୨୯୧ ଭୁବନେଶ୍ୱର, ଶୁକ୍ରବାର, ଜାନୁଆରୀ ୦୩, ୨୦୨୫ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹ 1.50 (Air Surcharge - 0.50P) Member-INS

## ଚାଷୀଙ୍କ ଫସଲ କ୍ଷୟକ୍ଷତି ପାଇଁ ପ୍ରଶାସନିକ କଳକୁ ଦୋଷ ଦେଲେ ନବୀନ

ଭୁବନେଶ୍ୱର,୨।୧(ପି.ଏନ):୨୪ବର୍ଷ ଧରି ମୁଖ୍ୟମନ୍ତ୍ରୀ ଥିଲାବେଳେ ଯେଉଁ ପ୍ରଶାସନିକ କଳକୁ ମୁଣ୍ଡରେ ବସାଇଥିଲେ, ଏବେ ସେହିମାନଙ୍କ ମୁଣ୍ଡରେ ଦୋଷ ଲଦିଛନ୍ତି ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକ। ଅଦିନିଆ ବର୍ଷାରେ ଚାଷୀଙ୍କ ଫସଲ କ୍ଷୟକ୍ଷତି ପାଇଁ ପ୍ରଶାସନିକ କଳକୁ ପରୋକ୍ଷରେ ଦାୟୀ କରିଥିବା ନବୀନ ତାଙ୍କ ଦଳ ବିଜେଡିର 'ସ୍ୱତନ୍ତ୍ର ରାଜ୍ୟପାହ୍ୟା ମାନ୍ୟତା' ଦାବିକୁ ଯଥାର୍ଥ ଦର୍ଶାଇ ରାଜନୈତିକ ଗୋଟିଚାଳନା ମଧ୍ୟ କରିଛନ୍ତି। ଚାଷୀଙ୍କୁ ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ କ୍ଷତିପୂରଣ ଦେବା ସହ ପାଣିପାଗ ପରାମର୍ଶ ଦେବାକୁ ମଧ୍ୟ ନବୀନ ଦାବି କରିଛନ୍ତି। ତେବେ ମୁଖ୍ୟମନ୍ତ୍ରୀ ମୋହନ ମାଝୀଙ୍କୁ ଚିଠି ଲେଖି ନବୀନ ଏସବୁ ପ୍ରସଙ୍ଗ ଅବଗତ କରିଥିବାବେଳେ ଆଜି ନିଜେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ତାଙ୍କୁ ପାଲଟା ଜବାବ ଦେଇଛନ୍ତି।ସୂଚନା ଅନୁସାରେ, ନିର୍ବାଚନୀ ବିପର୍ଯ୍ୟୟର ପ୍ରାୟ ୬ମାସ ପରେ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକ ଗତ ୩୦ ଓ ୩୧ତାରିଖ ଦୁଇଦିନ ଧରି ୫ଟି ଜିଲ୍ଲା ଗସ୍ତରେ



ଯାଇଥିଲେ। ସେ ଅଦିନିଆ ବର୍ଷାରେ ଫସଲ କ୍ଷତିଗ୍ରସ୍ତ ଚାଷୀଙ୍କୁ ଭେଟିଥିଲେ। ଆଉ ଆଜି ମୁଖ୍ୟମନ୍ତ୍ରୀ ମୋହନ ମାଝୀଙ୍କୁ ଚିଠି ଲେଖିଛନ୍ତି। ନବୀନ ଲେଖିଛନ୍ତି ଯେ, ଚାଷୀ ଓ ତା'ର ପରିବାର ଅତ୍ୟନ୍ତ ଅନଟନରେ ରହିଛନ୍ତି। ବର୍ଷା ଯୋଗୁ ସେମାନଙ୍କ ଫସଲ ଧାନ ଓ ଅଣଧାନ କ୍ଷତି ହୋଇଛି। ଚାଷୀମାନେ ତାଙ୍କୁ ଏନେଇ ଦୁଃଖର ସହ ତାଙ୍କୁ ଏସବୁ ଅବଗତ କରିଛନ୍ତି। ଏଭଳି ସ୍ଥିତି ନିକଟ ଅତୀତରେ କେବେ ହୋଇନଥିଲା। ରାଜ୍ୟର ଚାଷୀ ଏବେ ବଡ ବିପର୍ଯ୍ୟୟର ସମ୍ମୁଖୀନ ହୋଇଛି। ସେମାନଙ୍କର ଆତ୍ମବିଶ୍ୱାସ ଦୋହଲିଯାଇଛି। ତେଣୁ ବର୍ତ୍ତମାନ ପରିସ୍ଥିତିରେ ସରକାର ଠିକ୍ ସମୟରେ ଆବଶ୍ୟକ ପରିମାଣର କ୍ଷତିପୂରଣ ଦେଇ ଚାଷୀଙ୍କ ମନୋବଳକୁ ବଢ଼ାଇବାକୁ ନବୀନ ପରାମର୍ଶ ଦେଇଛନ୍ତି।

## ସ୍ୱାଧୀନତା ସଂଗ୍ରାମୀଙ୍କ ପାଇଁ ବଡ ଘୋଷଣା କଲେ ରାଜ୍ୟ ସରକାର, ଏତିକି ଟଙ୍କା ବଢିଲା ଭତ୍ତା ରାଶି

ଭୁବନେଶ୍ୱର,ଭୁବନେଶ୍ୱର,୨।୧(ପିଏନ): ବଡ ଘୋଷଣା କଲେ ମୋହନ ସରକାର । ସ୍ୱାଧୀନତା ସଂଗ୍ରାମୀଙ୍କ ଭତ୍ତା ବୃଦ୍ଧି କଲେ ରାଜ୍ୟ ସରକାର । କାରାବରଣ କରିଥିବା ସ୍ୱାଧୀନତା ସଂଗ୍ରାମୀଙ୍କ ପେନସନକୁ ଦ୍ୱିଗୁଣା କରାଯାଇଛି ।ସ୍ୱାଧୀନତା ସଂଗ୍ରାମୀ କାରାବରଣ କରିଥିଲେ ୧୦ ହଜାର ବଦଳରେ ୨୦ ହଜାର ପାଇବେ । ପୂର୍ବରୁ ସେମାନେ ୧୦ ହଜାର ପାଉଥିବା ବେଳେ ଏହାକୁ ଦ୍ୱିଗୁଣା ବୃଦ୍ଧି କରାଯାଇ ୨୦ ହଜାର କରାଯାଇଛି । କାରାବରଣ କରି ନଥିଲେ ୯ ହଜାର ପରିବର୍ତ୍ତ ? ୧୫ ହଜାର ପାଇବେ ।ଅନ୍ୟପଟେ ଜାତୀୟ ପେନସନ ପାଉଥିବା ସଂଗ୍ରାମୀ ୮ ହଜାର ବଦଳରେ ୧୦ ହଜାର ପାଇବେ । ଗଓଝଇ



ଆଇନରେ ଜରୁରୀକାଳୀନ ପରିସ୍ଥିତିରେ ଗିରଫ ହୋଇଥିଲେ ୨୦ ହଜାର ଟଙ୍କା ଭତ୍ତା ଦେବେ ରାଜ୍ୟ ସରକାର । ଅନ୍ୟପଟେ ସ୍ୱାଧୀନତା ସଂଗ୍ରାମୀ ମହୋତ୍ସବ ମଞ୍ଚରୁ ନବୀନଙ୍କୁ ଟାର୍ଗେଟ କଲେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ। କହିଲେ ଲୋକଙ୍କ କାମ କରିବା ଓ ବିକାଶ ଧାରାକୁ ଆଗକୁ ନେବା ପାଇଁ ବିଜେପି ସରକାର ଯାହା ପ୍ରତିଶ୍ରୁତି ଦେଇଥିଲେ ପୂରଣ କରୁଛନ୍ତି ।ଯେଉଁମାନେ ପୂର୍ବରୁ ଦାୟିତ୍ୱ ନେଇ କାମ କରୁଥିଲେ, ସେମାନଙ୍କୁ ଲୋକ ଭେଟି ପାରୁନଥିଲେ । ଆଜି ସେମାନେ ଲୋକଙ୍କ ପାଖକୁ ଯାଉଛନ୍ତି । କିନ୍ତୁ ବିଜେପି ସରକାରର କାର୍ଯ୍ୟ ଶୈଳୀ ଦେଖି ସେମାନେ ଆଜି ଆଇଭୋରି ଟାୱାରରୁ ବାହାରି ଧୂଳି ଖାଇବାକୁ ବାଧ ହେଉଛନ୍ତି।

## ବର୍ଷା ପରେ ଦାଉ ସାଧୁଛନ୍ତି ହାତୀ, ବିଲରେ ପଶି ବ୍ୟାପକ ଧାନ ଫସଲ ନଷ୍ଟ କରୁଛନ୍ତି



ଭୁବନେଶ୍ୱର,୨।୧(ପି.ଏନ): ଚାଷୀଙ୍କୁ ଘାରିଛି ଅମଳ ଧାନ ଚିନ୍ତା। ହେଲେ, ଲଘୁଚାପ ବର୍ଷା ପାଇଁ ନୁହେଁ, ଭୟ ହାତୀ ପଲକୁ। ଉପକୂଳରୁ ପଶ୍ଚିମ, ବିଲରେ ପଶି ବ୍ୟାପକ ଧାନ ଫସଲ ନଷ୍ଟ କରୁଛନ୍ତି ହାତୀ ପଲ। ଅନେକ ସ୍ଥାନରେ ଗାଁ ମୁହାଁ ବି ହେଲେଣି। ହାତୀଙ୍କୁ ଘଉଡାଇବାକୁ ନାକେଦମ୍ ହେଉଛି ବନ ବିଭାଗ। ସେପଟେ ହାତୀଙ୍କ ପାଇଁ ପର୍ଯ୍ୟାପ୍ତ ଜଙ୍ଗଲ ସୃଷ୍ଟି ଉଦ୍ଦେଶ୍ୟରେ ବନୀକରଣ କରାଯାଉଥିବା କହିଛନ୍ତି ଜଙ୍ଗଲ ଓ ପରିବେଶ ମନ୍ତ୍ରୀ।ବିଲରେ କଟା ହୋଇ ପଡିଛି ପାଚିଲା ଧାନ। ଅମଳ ଫସଲ ଖଳାକୁ ନେବାକୁ ଚାଷୀ ତରତର। ହେଲେ ନିଦ ହଜାଇଛନ୍ତି ହାତୀ ପଲ। ଜମିରେ ପଶି ଉଜାଡି ଦେଉଛନ୍ତି ଚାଷୀର ବର୍ଷକର ପରିଶ୍ରମ। ତେଣୁ ଶୀତ ରାତିରେ ଉଜାଗର ରହି ଫସଲ ଜଗି ରହୁଛି ଚାଷୀ। କଟକ ଜିଲ୍ଲା ଟାଙ୍ଗୀ ଅଂଚଳରେ ଉତ୍ପାତ ମଚାଇଛନ୍ତି କପିଳାସ ଜଙ୍ଗଲରୁ ଆସିଥିବା ୧୭ଟିକିଆ ହାତୀ ପଲ। ସେପଟେ ଢେଙ୍କାନାଳରେ ବି ହାତୀ ଘଉଡାଇବାକୁ ନାକେଦମ୍ ବନ ବିଭାଗ। ଦଳ ଦଳ ହୋଇ ୧୮ ଟିକିଆ ହାତୀପଲ କାସିଆଡିହି ତାଳପୋଖରୀ ଗହିରିବିଲରେ ବ୍ୟାପକ ଧାନ ଫସଲ ନଷ୍ଟ କରିଛନ୍ତି।

### କାଲି ଘନ କୁହୁଡ଼ି ନେଇ ୩ ଜିଲ୍ଲାକୁ ୟେଲୋ ୱାର୍ଣ୍ଣିଂ: ୨୦୦ ମିଟରରୁ କମ୍ ରହିବ ଦୃଶ୍ୟମାନ କ୍ଷମତା !

ଭୁବନେଶ୍ୱର,୨।୧(ପି.ଏନ): କାଲି ଘନ କୁହୁଡ଼ି ନେଇ ୩ ଜିଲ୍ଲାକୁ ୟେଲୋ ୱାର୍ଣ୍ଣିଂ । ଅନୁଗୁଳ, ଢେଙ୍କାନାଳ ଓ କନ୍ଧମାଳ ଜିଲ୍ଲାକୁ ପାଣିପାଗ ବିଭାଗର ସତର୍କତା ।

୨୦୦ ମିଟରରୁ କମ୍ ରହିପାରେ ଦୃଶ୍ୟମାନ କ୍ଷମତା । ଏଥିସହ ରାଜ୍ୟରେ ଜାରି ରହିବ ଶୀତ ଲହରୀ । କାଲୁଆ ପବନ ସହ କୁହୁଡି ପାଇଁ ସତର୍କତା ଜାରିକଲା ପାଣିପାଗ ବିଭାଗ ।ତେବେ ଆସନ୍ତା ୭ ଦିନର ପାଗ ଶୁଖିଲା ନେଇ ଆକଳନ । ଆଞ୍ଚଳିକ ପାଣିପାଗ ବିବାଗ ତରଫରୁ ସୂଚନା ରହିଛି କି, ଆସନ୍ତା ୨୪ ଘଣ୍ଟା ପାଇଁ ରାଜ୍ୟରେ ଶୀତ ପ୍ରବାହ ବଢିବ ।ଆଭ୍ୟନ୍ତରିଣ ଓ ଉପକୂଳ ଓଡିଶା କାଲୁଆ ପବନରେ ଥରିବ । ତାପମାତ୍ରା ୨-୪ ଡିଗ୍ରୀ ଯାଏଁ କମିବା ଅନୁମାନ କରିଛି ପାଣିପାଗ ବିଭାଗ ।ଏଥିସହ ଆଞ୍ଛଳିକ ପାଣିପାଗ ବିଭାଗ ତରଫରୁ କୁହାଯାଇଛି କି ଏବେ ବର୍ଷାର ସମ୍ଭାବନା ନାହିଁ । ଅନ୍ୟୁନ ୭ ଦିନ ଯାଏଁ ପାଗ ଶୁଖିଲା ରହିବ ।

## ଖସୁଛି ପାରଦ, ବଢୁଛି ଶୀତ; କଲବଲ କରିବ ଘନ କୁହୁଡି !

ଭୁବନେଶ୍ୱର,୨।୧(ପି.ଏନ):ଖସିଛୁ ପାରଦ ଓ ବଢୁଛି ଶୀତ। କିଛି ଦିନର ବ୍ୟବଧାନ ପରେ ରାଜ୍ୟକୁ ପୁଣି ଫେରିଛି ଶୀତ। ଉତ୍ତର-ଉତ୍ତର ପୂର୍ବ ଦିଗରୁ ରାଜ୍ୟକୁ ବାୟୁ ପ୍ରବାହ ଯୋଗୁ ଥଣ୍ଡା ବଢୁଛି। ବିଭିନ୍ନ ସ୍ଥାନରେ ସର୍ବନିମ୍ନ ତାପମାତ୍ରା ୨ରୁ ୪ ଡିଗ୍ରେସ ସେଲସିୟସ୍ ଯାଏ ଖସିଛି। ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ଜାରି କରିଥିବା ପୂର୍ବାନୁମାନ ଅନୁସାରେ ଆସନ୍ତା ୪-୫ ଦିନ ଯାଏଁ ରାଜ୍ୟରେ ପାଗ ଶୁଖିଲା ରହିବ। ଅର୍ଥାତ ଶୀତ



ଆହୁରି ବଢ଼ିପାରେ। କିଛି ସ୍ଥାନରେ ପାରଦ ୧୦ ଡିଗ୍ରୀ କିମ୍ବା ତା'ଠୁ ଆହୁରି କମିବା ସମ୍ଭାବନା ରହିଛି ।ସେପଟେ ରାଜ୍ୟର କେତେକ ଜିଲ୍ଲାରେ ଘନ କୁହୁଡି ହେବାର ସମ୍ଭାବନା ରହିଛି। ଆସନ୍ତାକାଲି ସକାଳେ ଅନୁଗୋଳ, ଢେଙ୍କାନାଳ, କନ୍ଧମାଳ ଜିଲ୍ଲାରେ ଘନ କୁହୁଡି ହୋଇପାରେ। ଦୃଶ୍ୟମାନ କ୍ଷମତା ୨୦୦ ମିଟରରୁ କମ୍ ରହିପାରେ ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପୂର୍ବାନୁମାନ କରିଛି।

## ଭୁବନେଶ୍ୱରରେ ଜବତ ହେଲା ନକଲି ସିମେଣ୍ଟ, ନାମିଦାମୀ ଲୋଗୋରେ ଚାଲିଥିଲା ଠକେଇ

ଭୁବନେଶ୍ୱର,୨।୧(ପି.ଏନ): ଆଜିକାଲି ନକଲି ଜିନିଷର ବିକ୍ରୟ ବୃଦ୍ଧି ପାଇବାରେ ଲାଗିଛି। ଏହାରି ମଧ୍ୟରେ ବର୍ତ୍ତମାନ ଭୁବନେଶ୍ୱରରେ ଏଭଳି ଏକ ଠକେଇ ମାମଲା ସାମ୍ନାକୁ ଆସିଛି। ସୂଚନା ମୁତାବକ, ବରଗଡ ଥାନା ଟଙ୍କପାଣି ରୋଡରେ ଥିବା ଏହି ନକଲି ସିମେଣ୍ଟ କାରଖାନାକୁ ପୋଲିସ ଠାବ କରିଛି ।ଏହି କାରଖାନାରେ ପୋଲିସ ରେଡ୍ ବେଳେ ବିପୁଳ ନକଲି ସିମେଣ୍ଟ ଜବତ କରିଛି। ଏଠାରେ ନାମିଦାମୀ ବ୍ରାଣ୍ଡର ଲୋଗୋ ଲଗାଇ ଲୋକଙ୍କୁ ଠକୁଥିଲେ ଏହି ସିମେଣ୍ଟ କଳକାରଖାନାର ମାଲିକ। ତେବେ ଏହି ନକଲି ସିମେଣ୍ଟ ବିଷୟରେ ପୋଲିସ ଖବର ପାଇ, ତଦନ୍ତ



ଆରମ୍ଭ କରିଥିଲା। ପୋଲିସର ତଦନ୍ତ ପରେ ଏହି ଦୁର୍ନୀତିର ଖୁଲାସା ହୋଇଛି ।ବର୍ତ୍ତମାନ ଏକ ଘର ନିର୍ମାଣ ପାଇଁ କୋଟି କୋଟି ଟଙ୍କା ଏହି ବାଲି ସିମେଣ୍ଟରେ ଚାଲିଯାଉଛି। ଏଥିସହ ସିମେଣ୍ଟର ମୂଲ୍ୟ ଦେଶରେ ଲଗାତାର ବୃଦ୍ଧି ପାଉଛି। ତେବେ ଏହି ନକଲି ସିମେଣ୍ଟ କମ୍ପାନୀ ଲୋକଙ୍କୁ ନକଲି ସିମେଣ୍ଟ ବିକ୍ରି କରି ଲକ୍ଷ ଲକ୍ଷ ଟଙ୍କା ରୋଜଗାର କରିବା ପରେ ବର୍ତ୍ତମାନ ଏହି ଘଟଣାର ପର୍ଦ୍ଦାଫାଶ ଘଟିଛି।

## ନୂଆ ବର୍ଷର ଦ୍ୱିତୀୟ ସକାଳେ ଗଡିଲା ମୁଣ୍ଡ, ଖଣ୍ଡାରେ ହାଣି ଯୁବକଙ୍କୁ ହତ୍ୟା

ଭୁବନେଶ୍ୱର,୨।୧(ପି.ଏନ): ରାଜଧାନୀ ଭୁବନେଶ୍ୱରରେ ବିଭସ୍ତ ହତ୍ୟା । ଭୁବନେଶ୍ୱରର ପୁନାମା ଗେଟ ନିକଟରେ ଯୁବକଙ୍କୁ ଅତି ନୃଶଂସଭାବେ ହତ୍ୟା କରାଯାଇଛି । ମୃତଦେହ ରେଳ ଧାରଣରେ ରକ୍ତ ଜୁଡୁବୁଡ ଅବସ୍ଥାରେ ଉଦ୍ଧାର ହୋଇଛି । ଶରୀରର ବିଭିନ୍ନ ଅଂଶରେ ଗଭୀର କ୍ଷତ ଚିହ୍ନ ଦେଖିବାକୁ ମିଳିଛି । ଯୁବକଙ୍କୁ ଖଣ୍ଡାରେ ହତ୍ୟା କରାଯାଇଥିଲା ଅଭିଯୋଗ କରୁଛନ୍ତି ପରିବାର ଲୋକ ।ସକାଳୁ ସକାଳୁ ପୁନାମା ଗେଟ ନିକଟ ରେଳ ଧାରଣା ଉପରେ ଜଣେ ଯୁବକଙ୍କ କ୍ଷତବିକ୍ଷତ ମୃତଦେହ ପଡିଥିବା ସ୍ଥାନୀୟ ଲୋକ ଦେଖିବାକୁ ପାଇଥିଲେ ।ମୃତ ଯୁବକଙ୍କ ନାଁ ସରୋଜ ବେହେରା ବୋଲି ଜଣାପଡିଛି ।

## ଓଡିଶାକୁ ଆସିବେ ଆଉ ୩ଟି ମହାବଳ ବାଘ, ଜଙ୍ଗଲ ପରିବେଶ ମନ୍ତ୍ରୀଙ୍କ ସୂଚନା

ଭୁବନେଶ୍ୱର,୨।୧(ପି.ଏନ): ଓଡିଶାକୁ ଆସିବେ ଆଉ ୩ଟି ମହାବଳ ବାଘ । ଏନେଇ ଜଙ୍ଗଲ ପରିବେଶ ମନ୍ତ୍ରୀ ଗଣେଶରାମ ସିଂ ଖୁଣ୍ଟିଆ ସୂଚନା ଜାରି କରିଛନ୍ତି ।ସେ କହିଛନ୍ତି ଯେ, "ଆଉ ୩ଟି ବାଘ ନେଇ ବିଚାର ବିମର୍ଶ ଚାଲିଛି । ସେମାନଙ୍କୁ ଡେବ୍ରିଗଡ ଅଭୟାରଣ୍ୟରେ ଛଡାଯିବ । ୫ ମହାବଳରୁ ଯମୁନା, ଜିନତ ଆସି ସାରିଛନ୍ତି, ଆଉ ୩ ଆସିବେ । ଯମୁନା ଜିନତ ଖାପ ଖୁଆଇଲା ପରେ ଆଉ ଆଣିବାକୁ ନିଷ୍ପତ୍ତି ନିଆଯିବ ।"ଶିମିଳିପାଳ ଫେରିଲା ଜିନ୍ନତ: ମହାରାଷ୍ଟ୍ରର ତଡବା ଜଙ୍ଗଲରୁ ବାଘୁଣୀ ଜିନ୍ନତକୁ ଶିମିଳିପାଳ ଅଭୟାରଣ୍ୟକୁ ଅଣା ଯାଇଥିଲା । ଗତ ଡିସେମ୍ବର ୮



ତାରିଖରେ ଶିମିଳିପାଳରୁ ଜିନ୍ନତ ଝାଡ଼ଖଣ୍ଡ ଯାଇଥିଲା । ସେଠାରେ କିଛିଦିନ ବୁଲିବା ପରେ ଓଡ଼ିଶା ମୁହାଁ ହୋଇଥିଲା । ହେଲେ ଓଡ଼ିଶା ନ ଫେରି ପଶ୍ଚିମବଙ୍ଗକୁ ଚାଲି ଯାଇଥିଲା । ସେଠାରେ ବାଙ୍କୁଡାର ରାଣୀବନ୍ଧ ଜଙ୍ଗଲରେ ଡିସେମ୍ବର ୨୯ ତାରିଖ ଜିନ୍ନତକୁ ଟ୍ରାଙ୍କୁଲାଇଜ କରି କାବୁ କରା ଯାଇଥିଲା ।

## ଭୁବନେଶ୍ୱରରେ ପହଞ୍ଚିଲେ ନୂଆ ରାଜ୍ୟପାଳ: ରାଜଭବନ ପକ୍ଷରୁ ଦିଆଗଲା ଗାର୍ଡ ଅଫ୍ ଅନର

ଭୁବନେଶ୍ୱର,୨।୧(ପି.ଏନ): ଭୁବନେଶ୍ୱରରେ ପହଞ୍ଚିଛନ୍ତି ଓଡ଼ିଶାର ନୂଆ ରାଜ୍ୟପାଳ ହରିବାବୁ କମ୍ଭମ୍ପତି। ଭୁବନେଶ୍ୱର ବିମାନବନ୍ଦରରେ ପହଞ୍ଚିବା ପରେ ତାଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା କରାଯାଇଥିଲା। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ଦୁଇ ଉପମୁଖ୍ୟମନ୍ତ୍ରୀଙ୍କ ସହ ମନ୍ତ୍ରୀ ମଣ୍ଡଳର ସଦସ୍ୟ ଉପସ୍ଥିତ ରହି ନୂଆ ରାଜ୍ୟପାଳଙ୍କୁ ସ୍ୱାଗତ କରିଥିଲେ। ପରେ ରାଜଭବନ ପକ୍ଷରୁ ରାଜ୍ୟପାଳଙ୍କୁ ଗାର୍ଡ ଅଫ ଅନର ପ୍ରଦାନ କରାଯାଇଥିଲା।୩ ତାରିଖରେ ଶପଥ ଗ୍ରହଣ ସମାରୋହ କାର୍ଯ୍ୟକ୍ରମ ରହିଛି। ମିଜୋରାମର ପୂର୍ବତନ ରାଜ୍ୟପାଳ ହରିବାବୁ ଓଡ଼ିଶାର



ରାଜ୍ୟପାଳ ଭାବେ ନିଯୁକ୍ତି ପାଇଛନ୍ତି। ହରିବାବୁ ୨୦୨୧ ଜୁଲାଇ ୧୯ରେ ମିଜୋରାମର ରାଜ୍ୟପାଳ ଭାବେ ଶପଥ ନେଇଥିଲେ।ସୂଚନାଯୋଗ୍ୟ, ଓଡ଼ିଶା ରାଜ୍ୟପାଳ ଥିବା ରଘୁବର ଦାସଙ୍କୁ ନିକଟରେ ହଟାଇ ଦିଆଯାଇଛି। ରଘୁବରଙ୍କୁ ଏପରି ହଠାତ୍ କାହିଁକି ରାଜ୍ୟପାଳ ପଦରୁ ହଟାଇ ଦିଆଗଲା ସେନେଇ କେହି ଆଉ ମୁହଁ ଖୋଲିନାହାନ୍ତି। ରଘୁବର ରାଜନୀତି ପ୍ରତି ରୁଚି ରଖୁଥିବା କାରଣରୁ ତାଙ୍କୁ କେନ୍ଦ୍ରରେ କିଛି ବଡ଼ ଦାୟିତ୍ୱ ମିଳିପାରେ ବୋଲି ଭାଜପା ନେତାମାନଙ୍କ ମୁହଁରୁ ଶୁଣିବାକୁ ମିଳିଥିଲା।

## ନୂଆବର୍ଷରେ ବିଜେପି-କଂଗ୍ରେସକୁ ମିଳିବେ ନୂଆ ମୁଖିଆ ! ନବୀନ ବାଛିପାରନ୍ତି ନୂଆ ସେନାପତି

ଭୁବନେଶ୍ୱର,୨।୧(ପି.ଏନ): ନୂଆବର୍ଷରେ ନୂଆ ମୁଖିଆ ଦେଖିବ ରାଜ୍ୟ ବିଜେପି ଏବଂ କଂଗ୍ରେସ। ବିଜେଡିରେ ନବୀନ ସୁପ୍ରିମୋ ଥିଲେ ବି ସାମ୍ନାକୁ ଆଣିପାରନ୍ତି ନୂଆ ନେତୃତ୍ୱ। ବିଜେପିର ସାଂଗଠନିକ ପର୍ବ ଶେଷ ପର୍ଯ୍ୟାୟରେ ଥିବାବେଳେ ଖୁବଶୀଘ୍ର ଘୋଷଣା ହେବ ସଭାପତିଙ୍କ ନାମ। କୁହାଯାଉଛି ନିର୍ବାଚନୀ ସଫଳତା ପାଇଁ ମନମୋହନଙ୍କୁ ପୁଣିଥରେ ଦାୟିତ୍ୱ ମିଳିପାରେ। ଗୋଲକ ମହାପାତ୍ର ଓ ସମୀର ମହାନ୍ତିଙ୍କ ନାଁକୁ ନେଇ ବି ଚର୍ଚ୍ଚା ହେଉଛି। ସେପଟେ ପିସିସି ସଭାପତି ପାଇଁ କସରତ ଆରମ୍ଭ ହୋଇଥିବାବେଳେ କାହାକୁ କେନ୍ଦ୍ର ନେତୃତ୍ୱ ମୁକୁଟ ପିନ୍ଧାଉଛନ୍ତି, ତା'ଉପରେ ନଜର। ଆଉ ପରାଜୟ ପରେ ବିଜେଡି ଏଥର କିଛି ଢାଞ୍ଚାଗତ ପରିବର୍ତ୍ତନ କରି ଜଣେ କ୍ରାଇସିସ ମ୍ୟାନେଜରଙ୍କୁ ଦାୟିତ୍ୱ ଦେଇପାରେ।ଶାସକ ଦଳ ବିଜେପିର ସାଂଗଠନିକ ପର୍ବ ଶେଷ ପର୍ଯ୍ୟାୟରେ। ବୁଥ୍ ପରେ ମଣ୍ଡଳ ସଭାପତି ଚୟନ ପ୍ରକ୍ରିୟା ଜାରି ରହିଛି। ତା'ପରେ ଜିଲ୍ଲା ଏବଂ ପରେ ରାଜ୍ୟ ସଭାପତି ସ୍ଥିର ହେବେ। ପ୍ରଥମ ଥର ପାଇଁ ଏକାକୀ ସରକାରକୁ ଆସିଥିବାରୁ ବିଜେପି ଆଗରେ ରହିଛି ଅନେକ ଚ୍ୟାଲେଞ୍ଜ। ତେଣୁ ରାଜ୍ୟ ବିଜେପିର କିଏ ମଙ୍ଗ ଧରିବେ ତାକୁ ନେଇ ଚର୍ଚ୍ଚା ଜାରି ରହିଛି। ସରକାର ଆଣିବାରେ ଏବେର ରାଜ୍ୟ ସଭାପତି ମନମୋହନ ସାମଲଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ରହିଥିଲା। ଆଗକୁ ପଞ୍ଚାୟତ ଓ ପୌର ନିର୍ବାଚନ ରହିଛି। ତେଣୁ ସରକାର ଏବଂ ସଂଗଠନ ଭିତରେ ସମନ୍ୱୟ ରଖି ପାରୁଥିବା ବ୍ୟକ୍ତି, ସରକାରୀ ଏଜେଣ୍ଡାକୁ ଦଳୀୟ ସ୍ତରରେ ସଫଳ କରିବାର ଦକ୍ଷତା ରଖୁଥିବା ନେତାକୁ ମିଳିପାରେ ଦାୟିତ୍ୱ। କୁହାଯାଉଛି ମନମୋହନ ସାମଲଙ୍କ କାର୍ଯ୍ୟକାଳ ମଧ୍ୟ ବଢ଼ାଇ ଦିଆଯାଇପାରେ। ଏହାବାଦ୍ ଉପସଭାପତି ଗୋଲକ ମହାପାତ୍ର ଓ ପୂର୍ବତନ ସଭାପତି ସମୀର ମହାନ୍ତିଙ୍କ ନାଁ ବି ଚର୍ଚ୍ଚା ହେଉଛି।

## ଗଣତନ୍ତ୍ର ଦିବସ ୨୦୨୫ ପରେଡରେ ଗଡିବନି ଓଡ଼ିଶା ପ୍ରଜ୍ଞାପନ ମେଢ଼

ଭୁବନେଶ୍ୱର,୨।୧: ଗଣତନ୍ତ୍ର ଦିବସ ପରେଡରେ ରାଜ୍ୟର ପ୍ରଜ୍ଞାପନ ମେଢ଼ ଦେଖିବା ପାଇଁ ଆଶା ରଖିଥିବା ଓଡିଶାବାସୀଙ୍କୁ ନିରାଶ ହେବାକୁ ପଡିବ। କାରଣ ରାଜ୍ୟ ସରକାର ପଠାଇଥିବା ପ୍ରଜ୍ଞାପନ ମେଢ଼ ପ୍ରସ୍ତାବକୁ ପ୍ରତ୍ୟାଖ୍ୟାନ କରାଯାଇଛି। ସରକାରୀ ସୂତ୍ରରୁ ପ୍ରକାଶ ଯେ ପ୍ରତିରକ୍ଷା ମନ୍ତ୍ରଣାଳୟ, ଭାରତ ସରକାର ଚଳିତ ବର୍ଷ ଗଣତନ୍ତ୍ର ଦିବସ ପରେଡ ପାଇଁ ଓଡ଼ିଶାର ପ୍ରଜ୍ଞାପନ ମେଢ଼କୁ ପ୍ରତ୍ୟାଖ୍ୟାନ କରିଛନ୍ତି ।ତେବେ ଜାନୁଆରୀ ୨୬ ରୁ ୩୧, ୨୦୨୫ ପର୍ଯ୍ୟନ୍ତ ଦିଲ୍ଲୀର ଲାଲ କିଲ୍ଲା ନିକଟରେ ଭାରତ ସରକାରଙ୍କ ଦ୍ୱାରା ଆୟୋଜିତ 'ଭାରତ ପର୍ବ'ରେ ରାଜ୍ୟର ପ୍ରଜ୍ଞାପନ ମେଢ଼ ପ୍ରଦର୍ଶିତ ହେବ। 'ଭାରତ ପର୍ବ' ଗଣତନ୍ତ୍ର ଦିବସ ପାଳନ କରିବାର ଏକ ଅଂଶ ।ଆନ୍ଧ୍ରପ୍ରଦେଶ, ବିହାର, ଗୋଆ, ଗୁଜୁରାଟ, ହରିୟାଣା, ଝାଡ଼ଖଣ୍ଡ, କର୍ଣ୍ଣାଟକ, ମଧ୍ୟପ୍ରଦେଶ, ପଞ୍ଜାବ, ତ୍ରିପୁରା, ଉତ୍ତରପ୍ରଦେଶ, ଉତ୍ତରପ୍ରଦେଶ, ପଶ୍ଚିମବଙ୍ଗ ଏବଂ ଦାଦ୍ରା ନଗର ହାଭେଲି ଏବଂ ଡାମନ ଏବଂ ଡିୟୁ ଏବଂ ଚଣ୍ଡିଗଡ଼ର ରାଜ୍ୟଗୁଡିକର ପ୍ରଜ୍ଞାପନ ମେଢ଼ ଚୟନ କରାଯାଇଛି। ଏ ସମସ୍ତେ କର୍ତ୍ତବ୍ୟ ପଥରେ ଗଣତନ୍ତ୍ର ଦିବସ ପରେଡରେ ଅଂଶଗ୍ରହଣ କରନ୍ତୁ।








# ଟି ଟାଇମ୍

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ବା ୨୦ମିନିଟ୍ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ୍ୟ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।

## କାଳୀ ଚରଣ ପଟ୍ଟନାୟକ

ଓଡିଆ ନାଟ୍ୟକାର ଓ କବି ଥିଲେ। ସେ ୧୮୯୭ ଡିସେମ୍ବର ୩ ତାରିଖ, ବକୁଳ ଅମାବାସ୍ୟା ଦିନ ବାଙ୍କୀ ସହର ଉପକଣ୍ଠରେ ଥିବା ଖମାରଙ୍ଗା ଗ୍ରାମରେ ପିତା ଦୁର୍ଗାଚରଣ ପଟ୍ଟନାୟକ ଓ ମାତା ରାଧାମାଳୀ ଦେବୀଙ୍କଠାରୁ ଜନ୍ମ ଗ୍ରହଣ କରିଥିଲେ। ସେ ପିତାମାତାଙ୍କର ଦ୍ୱିତୀୟ ସନ୍ତାନ ଥିଲେ। କାଳୀଚରଣଙ୍କ ପିତା ବଡମ୍ବାଗଡର ଦେବାନ ଥିଲେ। କାଳୀଚରଣ ପାରମ୍ପରିକ ଲୀଳା ନାଟକ ପ୍ରଦର୍ଶନ କରି ନିଜର ନାଟ୍ୟକାର ଜୀବନ ଆରମ୍ଭ କରିଥିଲେ ୪ର୍ଥ ଦଶକ ଦେବଳକୁ ସେ ଆଧୁନିକ ମଞ୍ଚ ନାଟକ ଲେଖି ତାହାର ବିପଣନ କରିବା ଆରମ୍ଭ କରିଥିଲେ। ସେଥି ପାଇଁ ୧୯୨୯ ମସିହାରେ “ସାକ୍ଷୀଗୋପାଳନାଟକ ସଂଘ” ଓ ୧୯୩୯ରେ “ଓଡିଶା ଥିଏଟର୍ସ” ନାମରେ ଏକ ରଙ୍ଗମଂଚ ଗଠନ କରି ଓଡିଶା ନାଟକାଭିନୟ ଜଗତର ପ୍ରସାର ଓ ଉନ୍ନତି କରିଥିଲେ। ତାଙ୍କର ଜନପ୍ରିୟ ନଟକ ଗାର୍ଲ୍ସ ସ୍କୁଲ (୧୯୩୯) ଓଡିଆ ମଞ୍ଚାଭିନୟରେ ନୂତନ ଯୁଗର ଆରମ୍ଭ କରିଥିଲେ। ତାଙ୍କୁ ଆଧୁନିକ ଓଡଆ ନାଟ୍ୟଶାସ୍ତ୍ରର ‘ଭରତ ମୁନି’ ବୋଲି ମଧ୍ୟ କୁହାଯାଏ। ତାଙ୍କ ପ୍ରଚେଷ୍ଟାରୁ ୧୯୫୮ ମସିହାରେ ଓଡିଶୀ ନୃତ୍ୟ ଶାସ୍ତ୍ରୀୟ ମର୍ଯ୍ୟାଦା ପାଇଥିଲେ। ସେଥି ପାଇଁ ସମସ୍ତ ଓଡିଶୀ ନାଟ୍ୟଗୁରୁ ଓ ନୃତ୍ୟଶିଳ୍ପୀମାନେ ତାଙ୍କୁ ମନେ ରଖିଛନ୍ତି। କାଳୀଚରଣ ତାଙ୍କର ପ୍ରାଥମିକ ଶିକ୍ଷା ଚର୍ଚ୍ଚିକା ପ୍ରାଥମିକ ବିଦ୍ୟାଳୟରେ ସମ୍ପନ୍ନ କରି ଖୋର୍ଦ୍ଧା ଉଚ୍ଚବିଦ୍ୟାଳୟରେ ମାଟ୍ରିକ ପଢ଼ିଥିଲେ। କଟକର ରେଭେନ୍ସା କଲେଜରୁ ସେ ଉଚ୍ଚତର ଶିକ୍ଷା ଗ୍ରହଣ କରିଥିଲେ। ଖୋର୍ଦ୍ଧା ସ୍କୁଲରେ ପଢୁଥିବା ସମୟରେ ସଙ୍ଗୀତ ନାଟକ ପ୍ରତି ଆସକ୍ତ କଳୀଚରଣ ପ୍ରଥମ ସଙ୍ଗୀତଜ୍ଞ ବାସୁଦେବ ମହାପାତ୍ର ଓ ପରେ ଓସ୍ତାଦ୍ ଖାନୁ ଖାଁ, ବନୱାରୀ ମିଶ୍ରଙ୍କ ଭଳି ବିଶାରଦଙ୍କଠାରୁ ଶାସ୍ତ୍ରୀୟ ସଂଗୀତ ଶିକ୍ଷା କରିଥିଲେ। ବାଙ୍କୀର ମହାପର୍ବତ ଦେଖି ମହାପର୍ବତ ନାମକ ଖଣ୍ଡକାବ୍ୟ ଓ କଳଙ୍କ ଭଂଜନମାଳା ନାଟକ ରଚନା କରିବା ପରେ ଶିକ୍ଷକ ପଣ୍ଡିତ କୃପାସିନ୍ଧୁ ହୋତାଙ୍କ ପ୍ରକୃତି ବର୍ଣ୍ଣନା ପାଇଁ ଉପଦେଶ ତାଙ୍କର ରଚନାତ୍ମକ ଦୃଷ୍ଟିଭଙ୍ଗୀରେ ଏକ ଉଲ୍ଲେଖନୀୟ ପରିବର୍ତ୍ତନ ଆଣିଥିଲା। ଗୋବିନ୍ଦଚନ୍ଦ୍ର ଶୂଦଦେଓଙ୍କ ସମ୍ପର୍କରେ ଆସି ତାଙ୍କର ନାଟକ ସୁଲଭତା ବିକଶିତ ହୋଇଥିଲା। ୧୯୧୮ ମସିହାରେ ଆଇ.ଏ ପଢ଼ିବାବେଳେ ସେ ପ୍ରଥମ ନାଟକ ଧ୍ରୁବ ରଚନା କରିଥିଲେ ମଧ୍ୟ ତାଙ୍କର ପ୍ରଥମ ସାମାଜିକ ନାଟକ ଥିଲା ୧୯୩୪ ମସିହାରେ ରଚିତ ପ୍ରତିଶେଶଧ। ପ୍ରାୟ ୪୦ ଟି ପୂର୍ଣ୍ଣାଙ୍ଗ ନାଟକ ସହିତ ସେ ରଚନା କରିଯାଇଛନ୍ତି ବହୁ ନୃତ ନାଟିକା, କାବ୍ୟ ନାଟିକା, ଗଳ୍ପ, ଉପନ୍ୟାସ, କବିତା ଆଦି ଅନେକ ଅନବଦ୍ୟ କୃତି।

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

# ପୁରାଣ କାହାଣୀ

## ପଂଚବଟୀ ରେ ରାମଚନ୍ଦ୍ର



ଭାରତ ରାମଙ୍କୁ ବହୁତ ଅନୁନୟ ବିନୟ ପୂର୍ବକ ଫେରିଆସିବାକୁ ଏବଂ ରାଜ୍ୟ ଭାର ଗ୍ରହଣ କରିବାକୁ ଆକୁଳ ପ୍ରାର୍ଥନା କଲେ। ମାତ୍ର ରାମ ଭରତଙ୍କ ଅନୁରୋଧ ପ୍ରତ୍ୟାଖାନା କରିଥିଲେ। ରାମ, ସୀତା ଏବଂ ଲକ୍ଷ୍ମଣ ଏହି ବନବାସ ସମୟରେ ଗୋଦାବରୀ ନାଦୀ ତଟରେ ଗମନ କରି ପଞ୍ଚବଟୀ ଠାରେ ଏକ କୁଟୁର ନିର୍ମାଣ କରି ଅବସ୍ଥାନ କଲେ। ସେହି ସମୟରେ ଋଷିମୁନିମାନଙ୍କର ଅନୁରୋଧ କ୍ରମେ ସେମାନେ ଅନେକ ରାକ୍ଷ କୁ ବଧ କରିଥିଲେ। ବିରାଧ ରାକ୍ଷସ ଏମାନଙ୍କ ମଧ୍ୟରେ ପ୍ରଥମ ଥିଲା।

## ପତ୍ନୀ ଛାଡ଼ି ପଳାଇଲେ ଉପହାରରେ ମିଳୁଛି ଅବିବାହିତ ଝିଅ



ବେଜିଂ ଯଦି କୌଣସି ବ୍ୟକ୍ତିଙ୍କ ପତ୍ନୀ ତାଙ୍କୁ ଛାଡି ଅନ୍ୟ କାହା ସହ ଫେରାର ହୋଇଥାନ୍ତି ତେବେ ଏନେଇ ସ୍ୱାମୀଙ୍କୁ ଚିନ୍ତା କରିବାର ଆଉ ଆବଶ୍ୟକତା ନାହିଁ। କାରଣ ଏଭଳି ସ୍ୱାମୀଙ୍କୁ ଉପହାରରେ ଦିଆଯାଉଛି ଅବିବାହିତ ଝିଅ। ତା’ ପୁଣି ପତ୍ନୀ ଛାଡି ପଳାଇବାର ୧ବର୍ଷ ଭିତରେ। ଚୀନର ଏକ ମ୍ୟାରେଜ ବ୍ୟୁରୋ ସଂସ୍ଥା ନିଜ ବିଜ୍ଞାପନରେ ଏହି ଅଫର ଦେଇଛି। ସୋସିଆଲ ମିଡିଆରେ ପ୍ରକାଶିତ ଖବର ଅନୁସାରେ ଚୀନର ଏକ ମ୍ୟାରେଜ ବ୍ୟୁରୋ ସଂସ୍ଥା ନିଜ ବିଜ୍ଞାପନରେ ଉଲ୍ଲେଖ କରିଛି ଯେ ଯଦି କୌଣସି ଚୀନର ବ୍ୟକ୍ତି ଭିଏତନାମର ମହିଳାଙ୍କୁ ବିବାହ କରିଛନ୍ତି ଏବଂ ଏହି ମହିଳା ତାଙ୍କୁ ଛାଡି ଅନ୍ୟତ୍ର ଘର ବସାଉଛନ୍ତି ତେବେ ଏହାର ପ୍ରତିବଦଳରେ ଉକ୍ତ ବ୍ୟକ୍ତିଙ୍କୁ ଭିଏତ୍ନାମର ଜଣେ ଅବିବାହିତା କନ୍ୟାଙ୍କୁ ମାଗଣାରେ ବିବାହ କରିବାର ସୁବିଧା ପ୍ରଦାନ କରାଯିବ। ୧ବର୍ଷ ଭିତରେ ଏହି ସୁବିଧା ପ୍ରଦାନ କରାଯିବ ବୋଲି ସଂସ୍ଥା ପକ୍ଷରୁ କୁହାଯାଇଛି।

## ସଉକ ପୂରା କରିବା ପାଇଁ ବିକିଦେଲେ ସମସ୍ତ ସମ୍ପତି



ଟେକ୍ସାସ୍ ସାଧାରଣତଃ ନିଜ ଘର ଓ ପରିବାରର ଆବଶ୍ୟକତା ପାଇଁ ଲୋକେ ଅର୍ଥ ସଂଚୟ କରିଥାନ୍ତି। ହେଲେ ଟେକସାସ୍ରେ ରହୁଥିବା ଜଣେ ଦମ୍ପତି ନିଜର ଭ୍ରମଣ ସଉକ ପୂରା କରିବା ପାଇଁ ନିଜ ଘର ସହ ସମସ୍ତ ସମ୍ପତ୍ତିକୁ ବିକ୍ରି କରିଦେଇଛନ୍ତି। ଏହି ଦମ୍ପତ୍ତିଙ୍କର ମଧ୍ୟ ୫ଟି ସନ୍ତାନ ଅଛି। ଏହି ସ୍ୱାମୀ ସ୍ତ୍ରୀ ଜଣଙ୍କ ହେଉଛନ୍ତି ଷ୍ଟିଫେନ୍ ଏବଂ ଜୋର୍ଡାନ୍। ବର୍ତ୍ତମାନ ସେମାନେ ତୁର୍କୀ ଓ ଅଷ୍ଟ୍ରେଲିଆ ଟୁର୍ କରି ଫେରିଥିଲା ବେଳେ ଖୁବ୍ ଶୀଘ୍ର ଆଣ୍ଟାର୍କଟିକା, ନ୍ୟୁଜଲାଣ୍ଡ ଗସ୍ତରେ ଯିବାର ଯୋଜନାରେ ଅଛନ୍ତି। ପେଶାରେ ୱେବ ଡିଜାଇନର ଥିବା ଷ୍ଟିଫେନ୍ କୁହନ୍ତି ଯେ ମୋ ସ୍ୱାମୀ ଜୋଡାନ୍ଙ୍କର ଭ୍ରମଣ କରିବାର ବଡ଼ ସଉକ ରହିଛି। ସେ ମୋ ସହ ପିଲାମାନଙ୍କୁ ନେଇ ବିଭିନ୍ନ ଦେଶ ଭ୍ରମଣ କରୁଛନ୍ତି। ଏଥିପାଇଁ ଆମେ ଆମର ଘର ଓ ସମସ୍ତ ସମ୍ପତ୍ତି ବିକ୍ରି କରିଦେଇଛୁ। ତେବେ ଭ୍ରମଣ ପରେ ପୁଣି ଥରେ ନୂଆ ଘର ବସାଇବା ଯଦିଓ କଷ୍ଟକର ତଥାପି ଭ୍ରମଣ ସାରିବା ପରେ ହିଁ ଆମେ ଏ ସମ୍ପର୍କରେ ନିଷ୍ପତ୍ତି ନେଉ। ବିଶ୍ୱ ଭ୍ରମଣ ଦ୍ୱାରା ନୂଆ ଭାଷା, ନୂଆ ସଂସ୍କୃତି ସହ ଆମେ ଅବଗତ ହୋଇପାରୁଛୁ।

## ମହିଳା ଚପଲ ଉଠାଇବାରୁ ପଳାଇଲା କୁମ୍ଭୀର



ସିଡନୀ କୁମ୍ଭୀରଟିଏ ଦେଖିଲେ ଯେକୌଣସି ବ୍ୟକ୍ତିର ମନରେ ଭୟ ସୃଷ୍ଟି ହେବା ସ୍ୱାଭାବିକ। ହେଲେ ଅଷ୍ଟ୍ରେଲିଆର କକାଡୁ ନ୍ୟାସନାଲ ପାର୍କରେ ଏକ ଭିନ୍ନ ଘଟଣା ଦେଖିବାକୁ ମିଳିଛି। ଯେତେବେଳେ ଜଣେ ମହିଳା ଆକ୍ରମଣାତ୍ମକ ଆଭିମୁଖ୍ୟ ରଖିଥିବା ଏକ କୁମ୍ଭୀରକୁ ଚପଲ ଦେଖାଇଲେ ସେତେବେଳେ କୁମ୍ଭୀରଟି ହ୍ରଦ ଭିତରକୁ ପଳାଇଥିଲା। ମହିଳା ଜଣଙ୍କ ପାର୍କରେ ନିଜ କୁକୁର ସହ ବୁଲୁଥିଲା ବେଳେ ପାଖରେ ଥିବା ଏକ ହ୍ରଦରୁ କିଛି କୁମ୍ଭୀର ତାଙ୍କୁ ଦେଖିବା ସହ ଆକ୍ରମଣ କରିବାର ପରିସ୍ଥିତିକୁ ଆସିଥିଲେ। ଏହାଦେଖି ମହିଳା ଜଣଙ୍କ ବିନା ଡରରେ ଚପଲ ଉଠାଇ ମାରିବାକୁ ଗୋଡାଇଥିଲେ କୁମ୍ଭୀରମାନଙ୍କୁ। ଆଉ କୁମ୍ଭୀରମାନେ ପଳାଇଥିଲେ ହ୍ରଦ ଭିତରକୁ। ଏହି ଘଟଣାଟି ପାର୍କରେ ଲାଗିଥିବା ସିସି ଟିଭି କ୍ୟାମେରାରେ କଏଦ ହୋଇଯାଇଥିଲା। ବର୍ତ୍ତମାନ ଏହି ଭିଡିଓ ସୋସିଆଲ ମିଡିଆରେ ବଡ଼ ଭାଇରାଲ ହୋଇଛି।

## ଚା’ପତି ବଦଳରେ କୀଟନାଶକ, ୨ମୃତ



ଭଭୁଆ ବିହାରର କେମୁ ଜିଲା କୁଢନି ଥାନାରେ ବିଷାକ୍ତ ଚା’ ପିଇ ଦୁଇ ମହିଳାଙ୍କ ମୃତ୍ୟୁ ସହ ୬ଜଣ ଗୁରୁତର ଅବସ୍ଥାରେ ଡାକ୍ତରଖାନାରେ ଚିକିତ୍ସିତ ହେବା ଘଟଣାରେ ପ୍ରକୃତ ତଥ୍ୟ ପଦାକୁ ଆସିଛି । ଚା’ ତିଆରି ସମୟରେ ଭୁଲ ବଶତଃ ଚା’ ପତି ବଦଳରେ ପକାଯାଇଥିଲା କୀଟନାଶକ। ପୁଲିସର କହିବା ଅନୁସାରେ ସୋତବା ଗ୍ରାମର ଦଶବନ୍ତି ଦେବୀଙ୍କ ଘରକୁ ସୋମବାର କିଛି ଅତିଥି ଆସିଥିଲେ। ରାତ୍ର ଭୋଜନ ସରିବା ପରେ ସମସ୍ତଙ୍କ ପାଇଁ ଚା’ ତିଆରି ହୋଇଥିଲା। ହେଲେ ରୋଷେଇ ଘରେ ଥିବା କୀଟନାଶକକୁ ଚା’ ପତି ଭାବି ଜଣେ ମହିଳା ପକାଇ ଦେଇଥିଲେ। ଆଉ ଏହା ପିଇବା ପରେ ବିଳମ୍ବିତ ରାତିରେ ଦଶବନ୍ତି ଓ ତାଙ୍କ ଝିଅ ସୀତା କୁଅଁରଙ୍କ ମୃତ୍ୟୁ ହୋଇଥିଲା।

# ଆଜିର ଭାଗ୍ୟ

**ମେଷ** — ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୃ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** — ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** — ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** — ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** — ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** — ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** — ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** — ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କାର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** — ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** — କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** — ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** — ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

## କୃତ୍ରିମ ଜଳପ୍ରପାତ



ଚାଇନା ଅନ୍ତର୍ଗତ ୟୁନାନ ପ୍ରଦେଶର କୁନମିଂରେ ପର୍ଯ୍ୟଟକଙ୍କ ମନୋରଞ୍ଜନ ପାଇଁ ଏକ କୃତ୍ରିମ ଜଳ ପ୍ରପାତ ସୃଷ୍ଟି କରାଯାଇଛି । ଏହାର ଉଚ୍ଚତା ସାଢ଼େ ୧୨ ମିଟର । ଚଉଡା ଚାରି ଶହ ମିଟର । ନିଉଲାନ୍ ନଦୀରେ ପ୍ରବାହିତ ଜଳକୁ ୟୁନାନର ବୃହତ୍ତମ ମଧୁର ଜଳ ହ୍ରଦ ଡିଆନସି ମଧ୍ୟରେ ପ୍ରବେଶ କରାଇ ଏହି ପ୍ରପାତ ସୃଷ୍ଟି କରାଯାଇଛି । ଏହାଦ୍ୱାରା ବନ୍ୟା ବିପ୍ୟାତରୁ ରକ୍ଷା ମିଳିବା ସହ ସହରର ପାନୀୟ ଜଳ ଯୋଗାଣ ବ୍ୟବସ୍ଥାରେ ଉନ୍ନତି ଆସି ପାରିବ । କୃତ୍ରିମ ଜଳ ପ୍ରପାତ ଚାରିପଟେ ଉଦ୍ୟାନ ରହିଛି । ଦୁଇ ବର୍ଷ ତଳେ ଉଭୟ ପ୍ରପାତ ଓ ଉଦ୍ୟାନ ବିକଶିତ କରାଯାଇଛି । ଉକ୍ତ ପ୍ରକଳ୍ପରେ ସତର କୋଟି ମାର୍କିନ୍ ଡଲାର ବ୍ୟୟ ହୋଇଥିବା ପ୍ରକାଶ ।




# ରଙ୍ଗ ନୁହେଁ ନାମ ପରିବର୍ତ୍ତନ ଦରକାର





ଜାନୁଆରୀ ୨୬ରେ ଯେତେବେଳେ ସମଗ୍ର ଦେଶ ଗଣତନ୍ତ୍ର ଦିବସ ପାଳନ କରୁଥିଲା, ୭୩ତମ ଗଣତନ୍ତ୍ର ଦିବସରେ ଜଣେ ଅନ୍ୟ ଜଣଙ୍କୁ ଶୁଭେଚ୍ଛା ଜଣାଉଥିଲା ଠିକ୍ ସେହି ସମୟରେ ଆନ୍ଧ୍ରପ୍ରଦେଶର ଗୁଣଟୁର ସ୍ଥିତ କୋଠାପେଟରେ ଜାତୀୟ ପତାକା ଉତୋଳନ କରିବାକୁ ଯାଉଥିବା ଯୁବକଙ୍କୁ ପୋଲିସ ଗିରଫ କରିନେଇଥିଲା । ତ୍ରିରଙ୍ଗା ଉତୋଳନ କରିବାର ଦଣ୍ଡ ଗିରଫଦାରୀ । ୩୦ ବର୍ଷ ପରେ ଶ୍ରୀନଗର ଲାଲ୍‌ଚୌକ ଅଂଚଳରେ ଥିବା କ୍ଲକ ଟାୱାର ବା ଘଂଟାଘର ଉପରେ ଯଦି ସେହି ସମୟରେ ଜାତୀୟ ପତାକା ଉଡା ଯାଇ ପାରିଲା ତେବେ କୋଠାପେଟରେ କାହିଁକି ତ୍ରିରଙ୍ଗା ଉଡାଯାଇପାରିଲା ନାହିଁ ! ସୂଚନାଯୋଗ୍ୟ ଯେ, ଘଂଟାଘର ଉପରେ ୩୦ ବର୍ଷ ପୂର୍ବେ ବରିଷ୍ଠ ବିଜେପି ନେତା ମୁରଲୀ ମନୋହର ଯୋଶୀ ୧୯୯୨ ମସିହାରେ ଜାତୀୟ ପତାକା ଉତୋଳନ କରିଥିଲେ । ଏବେ ଚର୍ଚ୍ଚା ଚାଲିଛି ତ୍ରିରଙ୍ଗା ନୁହେଁ ଜିନ୍ନା ଟାୱାର ସମ୍ମାନ ପାଇଁ କିଛି ଲୋକ ଲାଗିଛନ୍ତି । କୋଠାପେଟରେ ଜାତୀୟ ପତାକା ଉତୋଳନ କରିବାକୁ ଅନ୍ୟ କେହି ଅଟକାଇ ନଥିଲେ । ଦେଶର ଆଇନ ରକ୍ଷକମାନେ ତାଙ୍କୁ ଅଟକାଇ ଥିଲେ। ପୋଲିସ କହୁଛି କୋଠାପେଟ ଅଂଚଳରେ ନିଷେଧାଜ୍ଞ ଜାରି କରାଯାଇଥିଲା । ଏଠାରେ ପତାକା ଉତୋଳନ କଲେ ପରିବେଶ ଖରାପ ହୋଇଥାନ୍ତା । ଯୁବକମାନେ ନିଷେଧାଦେଶ ଉଲ୍ଲଂଘନ କରି ଜିନ୍ନା ଟାୱାର ଉପରେ ପତାକା ଉତୋଳନ କରିବାକୁ ଯାଉଥିଲେ ତେଣୁ ତାଙ୍କୁ ସ୍ଥାନୀୟ ପୋଲିସ ଷ୍ଟେସନକୁ ନିଆଯାଇ ପରେ ଛାଡି ଦିଆଯାଇଛି । ପୋଲିସର ସଫେଇ ଯାହା ହେଉନା କାହିଁକି, ଜିନ୍ନାଙ୍କ ସମ୍ମାନରେ ତ୍ରିରଙ୍ଗାର ଅପମାନ ଠିକ୍ ହେଲା ନାହିଁ ।

ଏବେ ପ୍ରଶ୍ନ ଉଠୁଛି ଯେଉଁମାନେ ଜାତୀୟ ପତାକା ଉତୋଳନ କରିବାକୁ ଯାଉଥିଲେ ସେମାନେ ମହତ୍ କାର୍ଯ୍ୟ କରୁଥିଲେ ନା ଦେଶଦ୍ରୋହୀ କାର୍ଯ୍ୟ କରୁଥିଲେ ? ଆନ୍ଧ୍ରପ୍ରଦେଶର ଗୁଣଟୁର ସ୍ଥିତ କୋଠାପେଟ ଭାରତରେ ନା ଭାରତ ବାହାରେ ? ତେବେ କଣ ପାଇଁ ଏଭଳି ମହାନ କାମ କରିବାକୁ ଯାଉଥିବା ଯୁବକମାନଙ୍କୁ ଅଟକାଇ ଦିଆଗଲା ? ତ୍ରିରଙ୍ଗା ଉତୋଳନ କରିବା କଣ ଅପରାଧ ? ଜିନ୍ନା ଟାୱାର ସମ୍ମାନ ବଡ ନା ତ୍ରିରଙ୍ଗାର ସମ୍ମାନ ବଡ ? ଜିନ୍ନା ଟାୱାର ସମ୍ମାନ ରଖିବା ଚକରରେ ଏଠି ଜାତୀୟ ପତାକାକୁ ଅପମାନ କରାଯାଇଛି । ଦୁଃଖର ବିଷୟ ଆଜି ବି କିଛି ରାଜନୈତିକ ଦଳ ଜିନ୍ନାଙ୍କୁ ସର୍ଦ୍ଦାର ପଟେଲଙ୍କ ସହୁତ ତୁଳନା କରୁଛନ୍ତି । ଜିନ୍ନା ଚୌକ, ଜିନ୍ନା ଟାୱାର, ଟିପୁ ସୁଲତାନ ମୈଦାନ ଆଦି ନାମ କରଣକୁ ରଖିବାକୁ ଚାହୁଁଛନ୍ତି । ଭୋଟ ବ୍ୟାଙ୍କ ଚକରରେ ତାଲିବାନର ଗୁଣଗାନ, ଜିନ୍ନା ମହାନ କହିବାକୁ ବାଧ ହେଉଛନ୍ତି । ତୁଷ୍ଟିକରଣ ଭାଇରସ ଯୋଗୁଁ ଏପରି ହେଉଛି । ସ୍ୱାଧୀନତାର ୭୪ ବର୍ଷ ବିତି ଯାଇଥିଲେ ମଧ କାହିଁକି ଆମେ ଦେଶ ବିଭାଜନକାରୀଙ୍କ ନାମକୁ ଜପାମାଳି କରି ରଖିବା । ଏବେ ପ୍ରଶ୍ନ ଉଠୁଛି କେଉଁଦିନ ଟିପୁ ସୁଲତାନ ମୈଦାନ ନାମ ହଟାଇ ଦିଆଯିବ ? କେଉଁ ଦିନ ଜିନ୍ନା ଟାୱାର ନାମ ହଟାଇ ଦିଆଯିବ ?

ମହମ୍ମଦ ଅଲ୍ଲୀ ଜିନ୍ନା ହେଉଛନ୍ତି ଭାରତକୁ ଭାଗ ଭାଗ କରିଥିବା ବ୍ୟକ୍ତି । ସେ ଦେଶର ବିଭାଜନ ପାଇଁ ଦାୟୀ । ଜିନ୍ନାଙ୍କ ଯୋଗୁଁ ଭାରତର ଯେଉଁ ବିଭାଜନ ହେଲା ସେହି ସମୟରେ ଲକ୍ଷ ଲକ୍ଷ ଜନତାଙ୍କର ଜୀବନ ଯାଇଛି । କୋଟି କୋଟି ଲୋକ ବେଘର ହୋଇ ଯାଇଛନ୍ତି । ସେହି ବିଭାଜନର କ୍ଷତ ଏପର୍ଯ୍ୟନ୍ତ ଶୁଖିନାହିଁ । ଜିନ୍ନା ଟାୱାର ଆମ ଦେଶ ପାଇଁ କି କାମରେ ଲାଗିବ ? ଆଗାମୀ ପୀଢିମାନେ ଜିନ୍ନା ଟାୱାର ଦେଖି ଦେଶପ୍ରେମ ନା ଦେଶଦ୍ରୋହ କଥା ଶିଖିବେ ? ସ୍ୱାଧୀନତା ପାଇବାର ଅନେକ ଦିନ ବିତି ଯାଇଥିଲେ ମଧ ଆମେ କେଉଁଠାରେ ପହଁଚିଛୁ ? ମୌଳିକ ଅଧିକାରର କଥା ସବୁବେଳେ କହୁଛୁ ହେଲେ ଗୁଣଟୁରରେ ଯେଉଁମାନେ ଜାତୀୟ ପତାକା ଉତୋଳନ କରିବାକୁ ଗଲେ ସେମାନଙ୍କର ମୌଳିକ ଅଧିକାର କୁଆଡେ ଗଲା ? ଏଠି ସେକୁଲାରଜିମ ଆଡରେ ସଂଖ୍ୟାଲଘୁ ତୁଷ୍ଟିକରଣକୁ ଥାପି ଦିଆଯାଉଛି । ଭାରତୀୟ ସଂସ୍କୃତି, ବିଚାରକୁ ଥଟ୍ଟାମଜାରେ ଉଡାଇ ଦିଆଯାଉଛି । ସଂଖ୍ୟାଲଘୁ ସୁରକ୍ଷା ଆଳରେ ସେମାନେ କରୁଥିବା ବଡ ବଡ ଘଟଣାକୁ ମାଫ୍ କରି ଦିଆଯାଉଛି । ସ୍କୁଲ କଲେଜ ଯାଉଥିବା ଛୋଟ ପିଲାଙ୍କ ସହିତ ତୁଳନା କରି ଛାଡି ଦିଆଯାଉଛି । ଯେଉଁଥିପାଇଁକି ସେମାନେ ଦେଶ ବିରୋଧରେ ଯାଇ ଚିକେନ୍‌ନେକକୁ ଅଲଗା କରିବା ପାଇଁ କହୁଛନ୍ତି, ସୀମା ଆରପଟେ ଥିବା ବିରୋଧୀଙ୍କ ସପକ୍ଷରେ କଥା କହୁଛନ୍ତି । ଏହା ରାଷ୍ଟ୍ରବାଦ ନୁହେଁ ଅରାଷ୍ଟ୍ରବାଦ । ଗୁଣଟୁରରେ ଜାତୀୟ ପତାକା ଉତୋଳନ କରିବାକୁ ଅଟକାଇ ଦିଆଗଲା, ସେଥିପାଇଁ ଦେଶର ପ୍ରତ୍ୟେକ ନାଗରୀକଙ୍କ ମନରେ ଦୁଃଖ ଆସିବା ଦରକାର ।

ସେଦିନର କେଇଜଣ ଯୁବକମାନଙ୍କର ଆନ୍ଦୋଳନ ଯୋଗୁଁ ଆଜି ଜିନ୍ନା ଟାୱାର ରଙ୍ଗ ବଦଳି ଯାଇଛି । ଏହି ଜିନ୍ନା ଟାୱାର ତ୍ରିରଙ୍ଗା ରଙ୍ଗରେ ରଙ୍ଗାୟିତ ହୋଇଛି । ଏଥିସହିତ ଜାତୀୟ ପତାକା ଉତୋଳନ ପାଇଁ ମଧ ବ୍ୟବସ୍ଥା ହୋଇଛି । ଏସବକୁ କାମ ପାଇଁ କିଛି ନେତା ବିଜେପି ଉପରେ ଦୋଷ ଲଦୁଛନ୍ତି । ଗୁଣଟୁର ମେୟର କବିତା ମନୋହର କହୁଛନ୍ତି ଯେ କିଛିଦିନ ହେଲା ବିଜେପିର କର୍ମୀମାନେ ଏ ଘଟଣାକୁ ନେଇ ଅନାବଶ୍ୟକ ବିବାଦ ସୃଷ୍ଟି କରୁଛନ୍ତି । ଏବେ କିନ୍ତୁ ଦାବି ହେଉଛି ରଙ୍ଗ ବଦଳାଇ ଦେଲେ ଚଳିବ ନାହିଁ, ନାମ ବଦଳାଇବାକୁ ହେବ । ଆନ୍ଧ୍ରପ୍ରଦେଶର ବିଜେପି ପ୍ରଭାରୀ ସୁନୀଲ ଦେଓଧର କହିଛନ୍ତି ଯେ,ଜିନ୍ନା ଟାୱାର ନାମ ପରିବର୍ତନ ନହେବା ପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରହିବ । ଠିକ୍ ଅଛି, ଜିନ୍ନା ଟାୱାରକୁ ତ୍ରିରଙ୍ଗା ରଙ୍ଗରେ ରଙ୍ଗ କରାଯାଇଛି । ଏହାର ନାମ ମଧ ପରିବର୍ତନ କରାଯିବା ଉଚିତ । କାରଣ ଜିନ୍ନା ଭାରତୀୟ ଆତ୍ମାକୁ ଦମନ କରିବାର ପ୍ରତୀକ । ଜିନ୍ନା ଆଉ ଆଉରଙ୍ଗଜେବଙ୍କ ମଧରେ କୌଣସି ପାର୍ଥକ୍ୟ ନାହଁ । ଯେପରି ଆଉରଙ୍ଗଜେବ ରୋଡର ନାମ ବଦଳାଯାଇଛି ଠିକ୍ ସେହିପରି ଜିନ୍ନା ଟାୱାର ନାମ ବଦଳାଯାଇ ଏ ପି ଜେ ଅବଦୁଲ କଲାମ ଟାୱାର ନାମ ହେବା ଉଚିତ ।

# ଜଳନ୍ଧର ଶକ୍ତିପୀଠ, ପଞ୍ଜାବ

ଜଳନ୍ଧର ଶକ୍ତିପୀଠ ବା ‘ତ୍ରିପୁରମାଳିନୀ’ ମନ୍ଦିର ହିନ୍ଦୁମାନଙ୍କ ପାଇଁ ଏକ ପ୍ରମୁଖ ଧାର୍ମିକ ସ୍ଥାନ ଭାବେ ପରିଚିତ। ଏହି ଶକ୍ତିପୀଠ ଦେବୀ “ତାଲାବ” ମନ୍ଦିର ପାଇଁ ଜଣାଶୁଣା। ଏହି ମନ୍ଦିର ଭାରତର ପଞ୍ଜାବ ରାଜ୍ୟ ଅନ୍ତର୍ଗତ ଜଳନ୍ଧର ଠାରେ ଅବସ୍ଥିତ। ଏହି ମନ୍ଦିର ବହୁ ବର୍ଷର ପୁରୁଣା ବୋଲି କୁହାଯାଏ। ଏହି ମନ୍ଦିର ପାଖରେ ଥିବା ଏକ ପୋଖରୀକୁ ଅତି ପବିତ୍ର ବୋଲି ଗ୍ରହଣ କାରାଯାଏ।

ଦେବୀ ଭାଗବତ ପୁରାଣରେ ୧୦୮, କାଳିକା ପୁରାଣରେ ୨୬, ଶିବଚରିତରେ ୫୧, ଦୁର୍ଗାଶପ୍ତସତୀ ଏବଂ ତନ୍ତ୍ର ଚୂଡ଼ାମଣିରେ ଭାରତୀୟ ଉପମହାଦେଶରେ ଥିବା ଶକ୍ତିପୀଠ ଗୁଡ଼ିକର ସଂଖ୍ୟା ୫୨ ବୋଲି କୁହା ଯାଇଛି। ମାତ୍ର ଶକ୍ତିପୀଠ ସଂଖ୍ୟା ୫୧ଟି ବୋଲି କେତେକ ମତ ଦିଅନ୍ତି। ତେବେ ତନ୍ତ୍ର ଚୂଡ଼ାମଣିରେ ୫୨ ଟି ଶକ୍ତିପୀଠ ସଂପର୍କରେ କୁହାଯାଇଛି। ତେବେ ମାତା ଦକ୍ଷଙ୍କ ରାଗ ଚରମ ସୀମାରେ ପହଂଚିଗଲା। ଶିବଙ୍କୁ ସବୁ ଦେବୀ ଦେବତାଙ୍କ ସାମ୍ନାରେ ଅପମାନିତ କରିବା ପାଇଁ ଦକ୍ଷ ମୁନିମଣ୍ଡଳ ଠାରେ ଏକ ଯଜ୍ଞର ଆୟୋଜନ କଲେ। ଝିଅ ସତୀ ଓ ଜ୍ୱାଇଁ ଶିବଙ୍କୁ ନିମନ୍ତ୍ରଣ କଲେ ନାହିଁ। ଏଥିରେ ନିଜକୁ ଅପମାନିତ ବୋଧ କରି ସତୀ ସ୍ୱଂୟ ବାପାଙ୍କ ଯଜ୍ଞ ସ୍ଥଳରେ ପହଂଚି ଯାହା ଦେଖିଲେ ଆଖିକୁ ବିଶ୍ୱାସ କଲେ ନାହିଁ। ବାପା ଦକ୍ଷ କିଛି ଆଦର ଗଉର ନକରି ଝିଅ ଜ୍ୱାଇଁଙ୍କୁ ଅପମାନ ସୂଚକ ଶବ୍ଦ ସବୁ ଶୁଣାଇଲେ। ସେହିକ୍ଷଣି ବାପାଙ୍କ ଅପମାନକୁ ସହ୍ୟ କରି ନପାରି ମାତା ସତୀ ଅଗ୍ନି କୁଣ୍ଡରେ ଆତ୍ମଦାହ କଲେ। ତ୍ରିକାଳଦର୍ଶୀ ଶିବ ଏ ଖବର ଜାଣି ସେଠାରେ ପହଞ୍ଚିଲେ ଓ ଗଭୀର ଦୁଃଖରେ ସତୀଙ୍କ ମର ଶରୀର ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ। ଏହାଦ୍ୱାରା ସାରା ବ୍ରହ୍ମାଣ୍ଡ ପ୍ରକମ୍ପିତ ହୋଇ ଉଠିଲା।







ସତୀଙ୍କ ୫୧ଟି ଶକ୍ତିପୀଠ ମାନଙ୍କ ମଧ୍ୟରେ “ଜଳନ୍ଧର ଶକ୍ତିପୀଠ” ବା ତାଲାବ ମନ୍ଦିର ଅନ୍ୟତମ। ଏହି ଶକ୍ତିପୀଠ ହିନ୍ଦୁ ମାନଙ୍କର ପ୍ରମୁଖ ଧାର୍ମିକ ସ୍ଥଳ ଭାବେ ବେଶ୍ ପରିଚିତ। ଏହି ଶକ୍ତିପୀଠ ସାରା ଭାରତରେ ବିଖ୍ୟାତ।

ହିନ୍ଦୁ ପୁରାଣ ଶାସ୍ତ୍ର ଅନୁଯାୟୀ ବ୍ରହ୍ମାଣ୍ଡ ସରଂଚନା ପାଇଁ ଭଗବାନ ବ୍ରହ୍ମା, ଭଗବାନ ମହାଦେବ ଓ ଭଗବାନ ବିଷ୍ଣୁ ତାଙ୍କର ତଥା କଥିତ ମାତା ଆଦିଶକ୍ତିଙ୍କୁ ସନ୍ତୁଷ୍ଟି ପାଇଁ ଏକ ଯଜ୍ଞର ଆୟୋଜନ କଲେ। ମା’ଶକ୍ତି ମଧ୍ୟ ଏଥିରେ ବ୍ରହ୍ମାଙ୍କୁ ସହଯୋଗ ଦେଲେ। ତେବେ ବ୍ରହ୍ମାଙ୍କ ପୁତ୍ର ଦକ୍ଷରାଜ ପିତାଙ୍କ ନିର୍ଦ୍ଦେଶରେ ମା’ ଶକ୍ତିଙ୍କୁ ନିଜର ଝିଅ ରୂପରେ ପାଇବାକୁ ବିଭିନ୍ନ ଯଜ୍ଞ ଆଦି ଉପାସନା କଲେ। ଶେଷରେ ମା’ଶକ୍ତି ମାନବ ରୂପରେ ଜନ୍ମ ନେଲେ। ଏହା ପଛରେ ବ୍ରହ୍ମାଙ୍କର ଉଦ୍ଦେଶ୍ୟ ଥିଲା ଯେ, ଭଗବାନ ଶିବଙ୍କ ସହ ଶକ୍ତିଙ୍କର ମିଶ୍ରଣ କରାଇ ସୃଷ୍ଟି ସଂରଚନା କରିବା ପାଇଁ। ସେଥିପାଇଁ ସେ ତାଙ୍କର ନାମକରଣ କରିଥିଲେ ସତୀ। ମାତ୍ର କୌଣସି ପ୍ରକାର ମାତା ସତୀଙ୍କୁ ଶିବ ବିବାହ କରି କୈଳାଶ ପର୍ବତ ନେଇଗଲେ। ଏହା ଜାଣିପାରି ସବୁଆଡ଼େ ଚାଲିଲା ଧ୍ୱଂସଲୀଳା। ଦେବ ଦେବୀ ମାନେ ଏହାର ସମାଧାନ ବା ଭଗବାନ ଶିବଙ୍କ କ୍ରୋଧକୁ ଶାନ୍ତ କରିବା ପାଇଁ କିଛି ଉପାୟ ବାହାର କରିବାକୁ ଭଗବାନ ବ୍ରହ୍ମା ଓ ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଧ୍ୱଂସଲୀଳା ବନ୍ଦ କରି ବ୍ରହ୍ମାଣ୍ଡରେ ଶାନ୍ତି ସ୍ଥାପନ ପାଇଁ ଭଗବାନ ବ୍ରହ୍ମା ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଭଗବାନ ବିଷ୍ଣୁ ଅନୁଭବ କଲେ ଯେ, ଯେପର୍ଯ୍ୟନ୍ତ ଭଗବାନ ଶିବଙ୍କ ହସ୍ତରୁ ମାତା ସତୀଙ୍କ ମର ଶରୀର ଅଲଗା ହୋଇନାହିଁ, ସେପର୍ଯ୍ୟନ୍ତ ଭଗବାନ ଶିବ ଶାନ୍ତ ହେବେ ନାହିଁ କି ବ୍ରହ୍ମାଣ୍ଡ ଧ୍ୱଂସାଭିମୁଖିରୁ ବର୍ତ୍ତିବ ନାହିଁ। ଏଣୁ ବ୍ରହ୍ମାଣ୍ଡ ରକ୍ଷା ପାଇଁ ସଙ୍ଗେସଙ୍ଗେ ଭଗବାନ ଶିବ ଧରିଥିବା ମାତା ସତୀଙ୍କ ମର ଶରୀରକୁ ଖଣ୍ଡ ବିଖଣ୍ଡିତ କରି ଆତ୍ମା ରହିତ କରିବାକୁ ଭଗବାନ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ।

କିଛିକ୍ଷଣ ମଧ୍ୟରେ ସୁଦର୍ଶନ ଚକ୍ର ମା’ସତୀଙ୍କ ଶରୀରକୁ ଖଣ୍ଡ ବିଖଣ୍ଡିତ କରିଦେଲା ଓ ମା’ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ଅନେକ ସ୍ଥାନରେ ବିଞ୍ଚିହୋଇ ପଡ଼ିଲା। ଦୁଃଖରେ ମ୍ରିୟମାଣ ଭଗବାନ ଶିବ ସତୀଙ୍କ ବିଖଣ୍ଡିତ ଅଙ୍ଗ ଖୋଜିବା ଆରମ୍ଭ କଲେ। ଏଥିରେ ସହାୟତା କଲେ ଭଗବାନ ଭୈରବ। ସର୍ବଶେଷରେ ମାତା ସତୀଙ୍କ ଅଙ୍ଗର ମୁଖ୍ୟାଂଶ ସମେତ ସମସ୍ତ ଖଣ୍ଡକୁ ଖୋଜି ପୂଜାର୍ଚ୍ଚନା ତଥା ଖଣ୍ଡଗୁଡ଼ିକୁ ସୁରକ୍ଷା ଦେବାକୁ ଭଗବାନ ଭୈରବଙ୍କୁ ନିର୍ଦ୍ଦେଶ ଦେଲେ ଭଗବାନ ବ୍ରହ୍ମା। ସେହି ଦୁର୍ଲଭ ସ୍ଥାନ ଗୁଡ଼ିକୁ ଭଗବାନ ବ୍ରହ୍ମା, ଭଗବାନ ବିଷ୍ଣୁ ଓ ଭଗବାନ ଶିବ ମିଶି ଶକ୍ତି ପୀଠର ମାନ୍ୟତା ଦେଲେ।

“ଜଳନ୍ଧର ଶକ୍ତିପୀଠ”ରେ ମାତା ସତୀଙ୍କର ‘ବାମ ସ୍ତନ’ ଖଣ୍ଡ ପଡ଼ିଥିଲା। ଏଠାରେ ମାତା ଶକ୍ତିଙ୍କୁ ‘ତ୍ରିପୁରମାଳିନୀ’ ରୂପରେ ପୂଜା କରାଯାଉ ଥିବାବେଳେ ଭଗବାନ ଶିବ ‘ଭୈରବ’(ଯିଏ ଭଗବାନ ଶିବଙ୍କର ଅନ୍ୟ ଏକ ରୂପ)ଙ୍କୁ “ଭୀଷଣ” ରୂପରେ ପୂଜା କରା ଯାଇଥାଏଏ।

ଏହି ଶକ୍ତିପୀଠରେ ବର୍ଷ ସାରା ବିଭିନ୍ନ ପର୍ବ ପର୍ବାଣୀ ଧୂମଧାମ୍‌ରେ ପାଳିତ ହୋଇଥାଏ। ବିଶେଷତଃ ଦୁର୍ଗା ପୂଜା ଓ ପବିତ୍ର ନବରାତ୍ର ଉତ୍ସବ ଏଠାରେ ଧୂମଧାମରେ ପାଳନ କରାଯାଏ। ମନ୍ଦିରର ଆଧ୍ୟାତ୍ମିକ ପରିବେଶ ଭକ୍ତ ଓ ଶ୍ରଦ୍ଧାଳୁମାନଙ୍କ ମନ, ପ୍ରାଣ ଓ ହୃଦୟ କୁ ଶାନ୍ତି ପ୍ରଦାନ କରିଥାଏ। ବର୍ଷର ସବୁ ସମୟରେ ମାତାଙ୍କର ଏହି ଶକ୍ତିପୀଠରେ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଗହଳି ଲାଗି ରହିଥାଏ। ଦେବୀଙ୍କର ମନ୍ଦିରର ଅପରୂପ ଶୋଭା ଦେଖିବା ଭଳି ହୋଇଥାଏ। ଏଥିପାଇଁ ଲକ୍ଷ ଲକ୍ଷ ଭକ୍ତ ଓ ଶ୍ରଦ୍ଧାଳୁ ମୁଖ୍ୟତଃ ମାତାଙ୍କୁ ପୂଜା କରିବାକୁ ଏଠାକୁ ଆସିଥାନ୍ତି। ଏଠାକାର ପୂଜାବିଧିର ପ୍ରତ୍ୟେକ କାର୍ଯ୍ୟକ୍ରମ ଖୁବ୍ ଆନନ୍ଦ ଦାୟକ ଓ ମନୋରମ।



**କେମିତି ଯିବେ:-**(୧) ନିକଟସ୍ଥ ରେଳଷ୍ଟେସନ୍‌ଠାରୁ ମାତ୍ର ୨.୫ କିମି ଦୂରରେ “ଜଳନ୍ଧର ଶକ୍ତିପୀଠ”ଅବସ୍ଥିତ। (୨) ନିକଟସ୍ଥ ଚଣ୍ଡିଗଡ଼ ଅନ୍ତର୍ଜାତୀୟ ବିମାନ ବନ୍ଦରଠାରୁ ମାତ୍ର ୧୮୩ କିମି ଦୂରରେ “ଜଳନ୍ଧର ଶକ୍ତିପୀଠ” ଅବସ୍ଥିତ।

ପ୍ରତିଦିନ ସକାଳ ୬ ଟାରୁ ମନ୍ଦିର ଖୋଲାଯାଏ ଓ ରାତି ୯ ଟାରେ ବନ୍ଦ ହୁଏ।

# ଜନତାଙ୍କ ଉପରେ ମହଙ୍ଗା ମାଡ଼ ଅସହ୍ୟ !

ଭୁବନେଶ୍ୱର (ପିଏନ୍)- କେନ୍ଦ୍ରର ବିଜେପି ସରକାର ଦେଶବାସୀଙ୍କୁ ଏକ ଭୟଙ୍କର ପରିସ୍ଥିତିକୁ ଠେଲି ଦେଇଛି। ଦରଦାମ ବୃଦ୍ଧି ସାଧାରଣ ଜନତାଙ୍କୁ ନୟାନ୍ତ ଏବଂ ତଳିତଳାନ୍ତ କରିଦେଇଛି। ଲୋକଙ୍କ ଭିତରେ ତ୍ରାହି ତ୍ରାହି ଚିତ୍କାର। ପେଟ୍ରୋଲ, ଡିଜେଲ, ରନ୍ଧନ ଗ୍ୟାସର ଦାମ ଉଦ୍‌ବେଗ ଜନକ ଭାବରେ ବଢ଼ି ଚାଲିଛି। ଗତ ୧୩ ଦିନ ଭିତରେ ୧୨ ଥର ପେଟ୍ରୋଲ ଓ ଡିଜେଲର ଦାମ ବଢ଼ିଛି। ଭୁବନେଶ୍ୱର ପେଟ୍ରୋଲ ର ଦାମ ଟ. ୧୧୧.୫୩ ଡିଜେଲ ୧୦୧.୨୯ ଏବଂ ଗ୍ୟାସର ଦାସ ୯୭୬ ଟଙ୍କାରେ ପଂହଚିଛି। ଏହାର ପ୍ରଭାବରେ ଅନ୍ୟାନ୍ୟ ନିତ୍ୟ ବ୍ୟବହାର୍ଯ୍ୟ ଜିନିଷପତ୍ରର ଦର ପ୍ରବଳ ମାତ୍ରାରେ ବଢ଼ିଛି, ଯାହାକି ସାଧାରଣ ଜନଜୀବନକୁ ଚରମ ଦୁର୍ଦ୍ଦଶା ଭିତରକୁ ଠେଲି ଦେଇଛି। ଏହାକୁ ନେଇ ଆଜି ଏକ ସାମ୍ବାଦିକ ସମ୍ମିଳନୀରେ କେନ୍ଦ୍ରର ବିଜେପି ସରକାରକୁ ଶାଣିତ ଆକ୍ରମଣ କରିଛନ୍ତି କଂଗ୍ରେସର ରାଜ୍ୟ ପ୍ରବକ୍ତା ଶ୍ରୀ ସୁଦର୍ଶନ ଦାସ। କେନ୍ଦ୍ରର ୟୁପିଏ ସରକାର ସମୟରେ ପେଟ୍ରୋଲ, ଡିଜେଲ ଓ ଗ୍ୟାସ ଦରରେ ସାମାନ୍ୟ ବୃଦ୍ଧି ବେଳେ ସ୍ମୃତି ଇରାନୀ ତତ୍‌କାଳୀନ ପ୍ରଧାନମନ୍ତ୍ରୀ ମନମୋହନ ସିଂକୁ ଚୁଡ଼ି ପିନ୍ଧାଇବା ପାଇଁ ନାରା ଦେଇଥିଲେ। ଏବେ କୁଆଡ଼େ ଗଲେ ସ୍ମୃତି ଇରାନୀ ଏବଂ ବିଜେପିର ଅନ୍ୟ ନେତାମାନେ ? ବାବା ରାମଦେବ ସେତେବେଳେ ମୋଦି ସରକାର ଆସିଲେ ୪୦ ଟଙ୍କାର ପେଟ୍ରୋଲ ମିଳିବ ବୋଲି କହିଥିଲେ। ଏବେ କୁଆଡ଼େ ଗଲେ ସେହି ରାମଦେବ ଏବଂ ତାଙ୍କର ଚେଲାମାନେ ?

କଂଗ୍ରେସ ସରକାର ସମୟରେ ୨୦୧୨-୨୦୧୪ ସମୟ କାଳ ଭିତରେ ଅଶୋଧିତ ତୈଳ ଦର ଥିଲା ବ୍ୟାରେଲ ପିଛା ୧୦୮ରୁ ୧୪୦ ଡଲାର। ସେତେବେଳେ ପେଟ୍ରୋଲ ଦାମ ଥିଲା ୭୧ ଟଙ୍କା ୪୧ ପଇସା ଓ ଡିଜେଲର ଦାମ ଥିଲା ୫୫ ଟଙ୍କା ୪୯ ପଇସା। ମାତ୍ର ଏବେ ୨୦୨୨ର ବିଜେପି ସରକାର ସମୟରେ ଅଶୌଧିତ ତୈଳର ଦାମ ହେଉଛି ୧୦୮ ଡଲାର। ମାତ ପେଟ୍ରୋଲ ଡିଜେଲର ଦାମ ଶହେ ପାର କାହିଁକି ? ବିଜେପି ସରକାର ପାଖରେ ଏହାର ଉତର ଅଛିକି ?

୨୦୧୪ରେ କଂଗ୍ରେସ ସରକାର ସମୟରେ ପେଟ୍ରୋଲ ଓ ଡିଜେଲ ଉପରେ ଟ୍ୟାକ୍ସ ପରିମାଣ ଲିଟର ପିଛା ଯଥାକ୍ରମେ ଟ. ୯.୨୦ ଓ ଟ. ୩.୪୬ ଥିଲା। ମାତ୍ର ବର୍ତମାନ ତାହା ଯଥାକ୍ରମେ ୨୦୩ ଓ ୫୩୧ ଶତାଂଶ ବୃଦ୍ଧି ପାଇଛି। ୨୦୧୪ ରୁ ୨୦୨୨ ଭିତରେ ବିଜେପି ସରକାର ଦେଶବାସୀଙ୍କ ପକେଟ କାଟି ଓ ସେମାନଙ୍କୁ ଲୁଟ କରି ରାଜକୋଷକୁ ଭର୍ତି କରିବାରେ ଲାଗିଛନ୍ତି। ଏହି ସମୟ ଭିତରେ ପେଟ୍ରୋଲ, ଡିଜେଲ ଓ ଗ୍ୟାସର ଦରବୃଦ୍ଧି କରି ଲୋକଙ୍କ ଠାରୁ ୨୬ ଲକ୍ଷ କୋଟି ଟଙ୍କା ଲୁଟ କରିଛନ୍ତି। ଏହା ପ୍ରଧାନମନ୍ତ୍ରୀ ଜନଧନ ଲୁଟ ଯୋଜନା ବୋଲି କଂଗ୍ରେସ ପ୍ରବକ୍ତା ଶ୍ରୀ ସୁଦର୍ଶନ ଦାସ ଏକ ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି। କରୋନା ସମୟରେ ଯେତେବେଳେ ଦେଶବାସୀ ଚରମ ହା ହୁତାଶ ଭିତରେ ଗତି କରୁଛନ୍ତି, ସେତେବେଳେ ଗତ ୨ ବର୍ଷରେ ବିଜେପି ସରକାର ପେଟ୍ରୋଲ ଦାମକୁ ୨୯ ଟଙ୍କା ଓ ଡିଜେଲ ଦାମକୁ ୨୭ ଟଙ୍କା ବୃଦ୍ଧି କରିଛନ୍ତି। ଏହା ବିଜେପି ସରକାରର ଦେଶବାସୀଙ୍କ ପ୍ରତି କ୍ରୁର ଉପହାସ ବୋଲି ଶ୍ରୀ ଦାସ କହିଛନ୍ତି। କଂଗ୍ରେସ ସମୟରେ କାହିଁକି ପେଟ୍ରୋଲ ଡିଜେଲ ଦର କମ ରହୁଥିଲା ? କଂଗ୍ରେସ ସରକାର ସମୟରେ ୨୦୧୧-୧୨ ଠାରୁ ୨୦୧୩-୧୪ ସମୟ ଭିତରେ ପେଟ୍ରୋଲ ଓ ଡିଜେଲ ଉପରେ ୧.୫୦ ଲକ୍ଷ କୋଟି ଟଙ୍କା ସବସିଡି ଦଆଯାଉଥିଲା। ଫଳରେ ସମାଜର ଗରିବ, ନିମ୍ନ ମଧ୍ୟବିତ ଓ ମଧ୍ୟବିତ ଶ୍ରେଣୀ କମ ଦରରେ ପେଟ୍ରୋଲ, ଡିଜେଲ ଓ ଗ୍ୟାସ ପାଇ ପାରୁଥିଲେ। ଏହି ସବସିଡିର ପରିମାଣ ୨୦୧୧-୧୨ ରେ ୧.୪୨ ଲକ୍ଷ କୋଟି ୨୦୧୨-୧୩ ରେ ୧.୬୪ ଲକ୍ଷ କୋଟି ଓ ୧୩.୧୪ ରେ ୧.୪୨ କୋଟି ଟଙ୍କା ଥିଲା। ମାତ୍ର ବର୍ତମାନର ବିଜେପି ସରକାର ସମୟରେ ଏହି ସବସିଡି ପରିମାଣ ୨୦୧୬-୧୭ ରେ ୨୭ ହଜାର କୋଟି, ୨୦୧୭-୧୮ ରେ ୨୮ ହଜାର କୋଟି। ୨୦୧୮-୧୯ ରେ ୪୩ ହଜାର କୋଟି, ୨୦୧୯-୨୦ ରେ ୨୬ ହଜାର କୋଟି ଓ ୨୦-୨୧ ରେ ମାତ ୧୧ ହଜାର କୋଟିରେ ସୀମାବଦ୍ଧ ହୋଇଯାଇଛି। ଫଳରେ ପେଟ୍ରୋଲ ଡିଜେଲର ଦାମ ଏହି ପରି ଆକାଶଛୁଆଁ ହୋଇଛି। ରନ୍ଧନ ଗ୍ୟାସର ମୂଲ୍ୟ ୨୦୧୪ ରେ କଂଗ୍ରେସ ସରକାର ସମୟରେ ୪୧୦ ଟଙ୍କା ଥିଲା। ଏବେ ୯୭୬ ଟଙ୍କା ବା ୧୦୦୦ ଟଙ୍କାରେ ପଂହଚିଲାଣି। ୨୦୧୪ ତୁଳନାରେ ଏହା ୫୩୯.୫୦ ଟଙ୍କା ବୃଦ୍ଧି ପାଇଛି। ୨୦୧୨-୧୩ ରେ ଅଶୋଧିତ ଗ୍ୟାସର ଦାମ ପ୍ରତି ମେଟ୍ରିକ୍ ଟନ ପିଛା ଥିଲା ୮୮୫ ଡଲାର। ୨୦୧୪ ଏହା ଥିଲା ୮୮୦ ଡଲାର। ମାତ୍ର ୨୦୨୨ ରେ ଏହାର ଦାମ କମି ପ୍ରତି ମେଟ୍ରିକ୍‌ଟନ ପିଛା ୭୬୯ ଡଲାରରେ ପଂହଚିଛି। ମାତ୍ର ଯେତେବେଳ ୪୧୦ ଟଙ୍କାରେ ମିଳୁଥିବା ସିଲିଣ୍ଡର ଗ୍ୟାସ ଏବେ ୧୦୦୦ ଟଙ୍କା ରେ ପହଂଚିଛି। କେନ୍ଦ୍ର ବିଜେପି ସରକାର ପେଟ୍ରୋଲ ଓ ଡିଜେଲ ଉପରେ ସବସିଡି ବଢ଼ାଇବା ସହିତ ଟ୍ୟାକ୍ସ କମାଇବା ପାଇଁ କଂଗ୍ରେସ ଦୃଢ଼ ଦାବୀ କରୁଛି। ରାଜ୍ୟ ସରକାର ମଧ ପେଟ୍ରୋଲ ଡିଜେଲ ଉପରେ ତାଙ୍କ ଭାଟ କମାଇବାକୁ ମଧ କଂଗ୍ରେସ ପ୍ରସ୍ତାବ ଦେଉଛି। ତାହା ନହେଲେ ସାଧାରଣ ଜନତା କେନ୍ଦ୍ର ଓ ରାଜ୍ୟ ସରକାରଙ୍କୁ କ୍ଷମା ଦେବେ ନାହିଁ ବୋଲି ଶ୍ରୀ ଦାସ ଚେତାବନୀ ଦେଇଛନ୍ତି। ସଂପ୍ରତି ଦରଦାମ ବୃଦ୍ଧି ମାଧ୍ୟମରେ ପ୍ରଧାନମନ୍ତ୍ରୀ ଜନଧନ ଲୁଟରେ ଆଜି ସମଗ୍ର ଦେଶବାସୀ ଏକ ଘୋର ଆତଙ୍କ ଭିତରକୁ ଠେଲି ହୋଇଯାଇଛନ୍ତି। ଏଥିରୁ ଦେଶବାସୀଙ୍କୁ ମୁକ୍ତି ଦେବାପାଇଁ କଂଗ୍ରେସ ଦେଶତମାମ ‘ମହଙ୍ଗାଇ ମୁକ୍ତ ଭାରତ’ ଅଭିଯାନର ଡାକରା ଦେଇଛି।

# ଧାରଣାରତ ବିଦ୍ୟୁତ ବିଭାଗ କର୍ମଚାରୀଙ୍କ ସମସ୍ୟା ସମାଧାନ ପାଇଁ ମୁଖ୍ୟମନ୍ତ୍ରୀଙ୍କ ହସ୍ତକ୍ଷେପ ଲୋଡ଼ିଲା ଏଚ୍‌ଏମ୍‌ଏସ୍

ବ୍ରହ୍ମପୁର (ପିଏନ୍): ବ୍ରହ୍ମପୁର ମହାନଗରରେ ଥିବା ଟିପିଏସଓଡିଏଲ (TPSODL) କର୍ପୋରେଟ୍ ଅଫିସ ସମ୍ମୁଖରେ ସାଉଥକୋ ୟୁଟିଲିଟିରେ ବର୍ଷ ବର୍ଷ ଧରି କାର୍ଯ୍ୟରତ ଆଉଟସୋର୍ସିଂ କର୍ମଚାରୀମାନେ ନ୍ୟାଯ୍ୟ ଦାବି ନେଇ ଗତ ୬ ମାସରୁ ଉର୍ଦ୍ଧ୍ୱ ଦିନ ଧରି ଧାରଣା ଦେଉଛନ୍ତି। ସମ୍ପ୍ରତି ଟାଟା ପାୱାର ଓଡ଼ିଶାର ବିଦ୍ୟୁତ ଯୋଗାଣ ସଂସ୍ଥାକୁ ହାତକୁ ନେବା ପରେ ଉକ୍ତ କର୍ମଚାରୀଙ୍କୁ କାର୍ଯ୍ୟରେ ନିୟୋଜିତ କରୁନାହିଁ। ଫଳରେ ପ୍ରାୟ ୩ ହଜାର କର୍ମଚାରୀ ଜୀବିକା ହରାଇ ଦୟନୀୟ ଅବସ୍ଥାରେ କାଳାତିପାତ କରୁଛନ୍ତି। ଇତିମଧ୍ୟରେ ଜିଲ୍ଲା ପ୍ରଶାସନ ହସ୍ତକ୍ଷେପ କରିଥିଲେ ମଧ କମ୍ପାନୀ କର୍ତ୍ତୃପକ୍ଷ କୌଣସି ପଦକ୍ଷେପ ଗ୍ରହଣ ନକରିବା ଉଦବେଗର ବିଷୟ। ଗୋଟିଏ ଜନକଲ୍ୟାଣ ସରକାରରେ ଏଭଳି ଘଟଣା ଆଦୌ ଶୁଭଙ୍କର ନୁହେଁ। ଅପରପକ୍ଷରେ ଧାରଣାରତ କର୍ମଚାରୀମାନେ ପୁନଃ ନିଯୁକ୍ତି ଦାବି କରି ଆସୁଥିବା ବେଳେ ମାନ୍ୟବର ସୁପ୍ରିମକୋର୍ଟର ନିର୍ଦ୍ଦେଶକୁ ମଧ କମ୍ପାନୀ କର୍ତ୍ତୃପକ୍ଷ ମାନୁନାହାନ୍ତି। ଏଠାରେ ଉଲ୍ଲେଖ କରାଯାଇପାରେ ଟାଟା କମ୍ପାନୀ ସାଉଥକୋ ୟୁଟିଲିଟିକୁ ନେବା ପରେ ୟୁନିଟ ପିଛା ୫୦ ପଇସା ବୃଦ୍ଧି କରି ଗ୍ରାହକମାନଙ୍କ ଉପରେ ଆର୍ଥିକ ଭାର ଲଦି ଦେଇଛି। ୨୦୨୧ ସୁଦ୍ଧା ଦକ୍ଷିଣ ଓଡ଼ିଶାରେ ପ୍ରାୟ ୨୫ ଲକ୍ଷ ବିଦ୍ୟୁତ ଉପଭୋକ୍ତା ରହିଥିବା ବେଳେ ସେମାନଙ୍କ ଉପରେ ଆର୍ଥିକ ବୋଝ ବୃଦ୍ଧି କରି କମ୍ପାନୀ ନିଜର ପାଣ୍ଠି ବଢ଼ାଇ ଚାଲିଥିବା ବେଳେ କର୍ମଚାରୀଙ୍କ ସ୍ୱାର୍ଥ ପ୍ରତି ଦୃଷ୍ଟି ନଦେବା ଅତ୍ୟନ୍ତ ପରିତାପର ବିଷୟ। ପୂର୍ବରୁ କମ୍ପାନୀ କରିଥିବା ଚୁକ୍ତିନାମାକୁ ସମ୍ପୂର୍ଣ୍ଣ ଖିଲାପ କରିଛି। କମ୍ପାନୀର ମନମାନି ଚାଲିଥିବା ବେଳେ ଧାରଣାରତ କର୍ମଚାରୀଙ୍କ ସମସ୍ୟାର ସମାଧାନ ଦିଗରେ ତୁରନ୍ତ ହସ୍ତକ୍ଷେପ କରିବାକୁ ହିନ୍ଦ ମଜଦୁର ସଭା (ଏଚ୍‌ଏମ୍‌ଏସ)ର ରାଜ୍ୟ ଉପସଭାପତି ରବି ରଥ ମୁଖ୍ୟମନ୍ତ୍ରୀ, ଶକ୍ତି ମନ୍ତ୍ରୀ, ମୁଖ୍ୟ ଶାସନ ସଚିବ ଏବଂ ଓଇଆରସିର ଅଧକ୍ଷଙ୍କୁ ପତ୍ର ମାଧମରେ ଅନୁରୋଧ କରିଛନ୍ତି।




# ଚାଷ ଓ ଚାଷୀ ସମସ୍ୟା ନେଇ କିଷାନ କଂଗ୍ରେସର ଆନ୍ଦୋଳନ ଡାକରା

ଭୁବନେଶ୍ୱର (ପିଏନ୍)- ଗଞ୍ଜାମ ଜିଲ୍ଲା ସମ୍ପୂର୍ଣ୍ଣ କୃଷି ଉପରେ ନିର୍ଭରଶୀଳ। କୃଷି କ୍ଷେତ୍ରରେ ବିକାଶ ହେଲେ ଜିଲ୍ଲାର କୃଷକଙ୍କ ଅର୍ଥନୈତିକ ବିକାଶ ହେବ। ଖୋଦ୍ ମୁଖ୍ୟମନ୍ତ୍ରୀ ଏହି ଜିଲ୍ଲାରୁ ପ୍ରତିନିଧିତ୍ୱ କରିଛନ୍ତି। କିନ୍ତୁ ଦୁର୍ଭାଗ୍ୟର ବିଷୟ ଏହି ୨୦ ଲକ୍ଷରୁ ଉର୍ଦ୍ଧ୍ୱ ଲୋକ ନିଜ ଭିଟାମାଟି ଛାଡ଼ି ବାହାର ରାଜ୍ୟରେ ଦାଦନ ଖଟୁଛନ୍ତି। ଫସଲ ହାନୀ ଓ ଋଣବୋଝରେ ଚାଷୀ ଆତ୍ମହତ୍ୟା କରୁଛି। ଜଳସେଚନ ବ୍ୟବସ୍ଥା ସମ୍ପୂର୍ଣ୍ଣ ଠପ୍। ପନିପରିବା ସଂରକ୍ଷଣ ପାଇଁ ଶୀତଳଭଣ୍ଡାରଟିଏ ନାହିଁ। ଚାଷୀ ତା'ର ଉତ୍ପାଦିତ ଫସଲର ଉପଯୁକ୍ତ ମୂଲ୍ୟ ପାଉନାହିଁ। ଫଳରେ ଏମ.ଏସ.ପି.ଠାରୁ କମ୍ ଦାମରେ ଧାନ ବିକ୍ରିକରି ବାରମ୍ବାର ଅଭାବୀ ବିକ୍ରିର ଶିକାର ହେଉଛି। ପୁରାତନ ଆସ୍କା ଚିନିକଳର ଦୁରାବସ୍ଥା କହିଲେ ନ ସରେ। କାଳିଆ ଓ ପି.ଏମ୍. କିଷାନ ଯୋଜନାରେ ଜିଲ୍ଲାର ୪୦ ପ୍ରତିଶତ ଚାଷୀଙ୍କୁ ଅନ୍ତର୍ଭୁକ୍ତ କରାଯାଇନାହିଁ। ସାରର ଅହେତୁକ ଅଭାବ ଓ ମୂଲ୍ୟବୃଦ୍ଧି, ଫସଲ ବୀମା କ୍ଷତିପୂରଣ ପାଇବାରେ ବହୁ ଚାଷୀ ବଞ୍ଚିତ ହେଉଛନ୍ତି। ଏହିସବୁ ସମସ୍ୟାଗୁଡ଼ିକର ଆଶୁ ସମାଧାନ ପାଇଁ ଜିଲ୍ଲାର କୁକୁଡ଼ାଖଣ୍ଡି ବ୍ଲକ ବଉଳଝୋଲିଠାରେ ୫୦୦ରୁ ଉର୍ଦ୍ଧ୍ୱ ଚାଷୀଙ୍କୁ ନେଇ ଗତ ୨୫ ତାରିଖ ଦିନ ଜିଲ୍ଲାସ୍ତରୀୟ କିଷାନ ଚିନ୍ତନ ଶିବିର ଜିଲ୍ଲା କିଷାନ କଂଗ୍ରେସ ଅଧକ୍ଷ ବୃନ୍ଦାବନ ଖଟେଇଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ଓଡ଼ିଶା ପ୍ରଦେଶ କିଷାନ କଂଗ୍ରେସ ଅଧକ୍ଷ ଅମିୟ କୁମାର ପଟ୍ଟନାୟକ, ଜିଲ୍ଲା କଂଗ୍ରେସ କମିଟି ସଭାପତି ତଥା ସାନଖେମୁଣ୍ଡିର ବିଧାୟକ ରମେଶ ଜେନା ସମ୍ମାନୀତ ଅତିଥି ଭାବରେ ଯୋଗଦେଇ ଉପସ୍ଥିତ ଥିବା ଚାଷୀମାନଙ୍କ ସହିତ ବିସ୍ତୃତ ଆଲୋଚନା କରିବା ପରେ କୃଷି ଓ କୃଷକଙ୍କ ବିକାଶ ପାଇଁ ସରକାରଙ୍କ ଯୋଜନା କେବଳ ପ୍ରଚାର ଓ ପ୍ରସାରସର୍ବସ୍ୱ ହୋଇଛି। ଉଭୟ ସରକାର ଚଳିତ ୨୦୨୨ ସୁଦ୍ଧା ଚାଷୀର ଆୟ ଦୁଇଗୁଣା ବୃଦ୍ଧି କରିବା ପାଇଁ ଦେଇଥିବା ପ୍ରତିଶ୍ରୁତି ବାସ୍ତବତାଠାରୁ ସମ୍ପୂର୍ଣ୍ଣ ଭିନ୍ନ। ଚାଷୀ ସଂଗଠିତ ହୋଇ ଆନ୍ଦୋଳନ କରିଥିବାରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ତିନୋଟି କଳା କୃଷି ଆଇନ ପ୍ରତ୍ୟାହାର କଲେ। ଆଜି ସେହିଭଳି ଗଞ୍ଜାମ ଜିଲ୍ଲାର ୨୨ଟି ବ୍ଲକର ଚାଷୀମାନେ ଏକତ୍ରିତ ହୋଇ ଆନ୍ଦୋଳନକୁ ଓହ୍ଲାଇଲେ ଚାଷୀ ତାର ହକ୍ ନିଶ୍ଚୟ ପାଇପାରିବ ବୋଲି ସେମାନେ କହିଥିଲେ। ଆସନ୍ତା ନଭେମ୍ବର ୧୫ ତାରିଖ ସୁଦ୍ଧା ଜିଲ୍ଲାର ପ୍ରତି ବୁଥ୍, ପଞ୍ଚାୟତ, ବ୍ଲକ ଓ ଜିଲ୍ଲାସ୍ତର ପର୍ଯ୍ୟନ୍ତ କିଷାନ କଂଗ୍ରେସ ସଂଗଠନକୁ ସକ୍ରିୟ କରାଯିବା ସହିତ ପ୍ରତି ବ୍ଲକସ୍ତରରେ କିଷାନ ଚିନ୍ତନ ଶିବିର ଆୟୋଜନ ଓ ଆସନ୍ତା ଡିସେମ୍ବର ମାସରେ ଉଭୟ ବିଜେପି ବିଜେଡ଼ି ସରକାରଙ୍କ ଚାଷୀମାରଣ ନୀତି ବିରୁଦ୍ଧରେ ବିଶାଳ ଚାଷୀ ସମାବେଶ ଆୟୋଜନ କରିବାକୁ ନିଷ୍ପତ୍ତି ନିଆଯାଇଛି। ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ୨୯୩୦ ଟଙ୍କାକୁ ବୃଦ୍ଧି ଓ ଏମ.ଏସ.ପି.ର ଆଇନଗତ ବ୍ୟବସ୍ଥା, କୃଷି ଇନପୁଟ୍ ସବସିଡ଼ର ୨ଗୁଣା ବୃଦ୍ଧି, ପ୍ରତି ବ୍ଲକସ୍ତରରେ ଶୀତଳ ଭଣ୍ଡାର ନିର୍ମାଣ, ମହାନଗର ନିଗମ ଅଞ୍ଚଳରେ ଓମଫେଡ଼ ଭଳି ଭେଜଫେଡ ପ୍ରତିଷ୍ଠା, ଚାଷକାର୍ଯ୍ୟ ପାଇଁ ପ୍ରତି ବ୍ଲକରେ ୫୦ ପ୍ରତିଶତ ଜଳସେଚନ ବ୍ୟବସ୍ଥା, ପଞ୍ଚାୟତ ପରିବର୍ତ୍ତେ ପ୍ରତି ରାଜସ୍ୱ ଗ୍ରାମକୁ ଏକକ ୟୁନିଟ୍ ଭାବେ ଗ୍ରହଣ, ସମସ୍ତ ଚାଷୀଙ୍କୁ କାଳିଆ ଓ ପି.ଏମ୍. କିଷାନ ଯୋଜନାରେ ଅନ୍ତର୍ଭୁକ୍ତ ଓ ବାର୍ଷିକ ୨୪ ହଜାର ଟଙ୍କା ସହାୟତା ରାଶି ପ୍ରଦାନ, ଆସ୍କା ଚିନିକାରଖାନାର ନୂତନ ରୂପାନ୍ତରିତ, ଜିଲ୍ଲାରେ ସୂତାକଳ ପ୍ରତିଷ୍ଠା, ଦାଦନ ଶ୍ରମିକ ରୋକିବା ପାଇଁ କୃଷି କ୍ଷେତ୍ରରେ ମନରେଗା କାର୍ଯ୍ୟକ୍ରମର ସଂପ୍ରସାରଣ ଓ କୃଷିଭିତ୍ତିକ ଶିଳ୍ପ ଓ ଖାଦ୍ୟ ପ୍ରକ୍ରିୟା ଓ ପ୍ରସ୍ତୁତିକରଣ ୟୁନିଟ୍ ସ୍ଥାପନ ଏବଂ ଗୋପାଳପୁରଠାରେ କିଆଫୁଲରୁ ଅତର ପ୍ରକ୍ରିୟାକରଣ ୟୁନିଟ୍ ସ୍ଥାପନ ପାଇଁ କିଷାନ କଂଗ୍ରେସ ପକ୍ଷରୁ ଦୃଢ଼ ଦାବୀ କରାଯାଇଛି।

ସାରା ଭାରତବର୍ଷରେ ଚାଷୀ ଆଜି ଅସୁରକ୍ଷିତ। ବେକାରୀ ସମସ୍ୟା ବଢ଼ିଚାଲିଛି। ଆକାଶଛୁଆଁ ଦରଦାମ୍ ବୃଦ୍ଧି ସାଧାରଣ ଜନଜୀବନକୁ ବିପନ୍ନ କରିଛି। ସମ୍ବିଧାନ ଅସୁରକ୍ଷିତ। ଧର୍ମ ନାମରେ ଜାତିଆଣ ଭାବ ସୃଷ୍ଟି କରାଯାଉଛି। ସର୍ବବୃହତ୍ ଗଣତନ୍ତ୍ର ରାଷ୍ଟ୍ର ଭାରତବର୍ଷର ସାମଗ୍ରୀକ ବିକାଶ ପାଇଁ ଏବଂ ମୋଦି ସରକାରକୁ ଚେକ୍ ଦେବାପାଇଁ ଏ.ଆଇ.ସି.ସି.ର ପୂର୍ବତନ ଅଧକ୍ଷ ଶ୍ରୀ ରାହୁଲ ଗାନ୍ଧୀ ଗତ ୭ ତାରିଖଠାରୁ ଯେଉଁ 'ଭାରତ ଯୋଡ଼' ଯାତ୍ରା ଜାରି ରଖିଛନ୍ତି, ଏଥିରେ ଦେଶର ସବୁ ବର୍ଗର ଲକ୍ଷ ଲକ୍ଷ ଲୋକ ସ୍ୱତଃପ୍ରବୃତ୍ତ ସମର୍ଥନ ଜଣାଉଛନ୍ତି। ଭାରତ ଯୋଡ଼ ଯାତ୍ରାର ସଫଳତା ପାଇଁ ଆସନ୍ତା ଅକ୍ଟୋବର ୩୧ ତାରିଖ ଦିନଠାରୁ ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀ ଶରତ ପଟ୍ଟନାୟକ ଦୀର୍ଘ ୨୨ଶହ କିଲୋମିଟର ବ୍ୟାପୀ ଓଡ଼ିଶା ପରିକ୍ରମା କରିବା ବେଳେ ଗଞ୍ଜାମ ଜିଲ୍ଲାରୁ ହଜାର ହଜାର ଚାଷୀ ଶ୍ରୀ ପଟ୍ଟନାୟକଙ୍କ ନେତୃତ୍ୱର ପରିକ୍ରମା ଯାତ୍ରାରେ ସାମିଲ ହେବା ପାଇଁ ନିଷ୍ପତ୍ତି ହୋଇଛି। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା କିଷାନ କଂଗ୍ରେସ ସଂଯୋଜକ କେ. ଶ୍ୟାମସୁନ୍ଦର ଦୋରା, ରାଜ୍ୟ କିଷାନ କଂଗ୍ରେସର ରାଜ୍ୟ ଉପାଧ୍ୟକ୍ଷ ସୁବାଷ ରାଉତ, ସମ୍ପାଦକ ସାଇ ପ୍ରସାଦ ପାତ୍ର, ପଦ୍ମଚରଣ ସାହୁ, ଦିଗପହଣ୍ଡି ନଗରପାଳ ପ୍ରଫୁଲ୍ଲ ଚନ୍ଦ୍ର ପଣ୍ଡା, ଜିଲ୍ଲା ଯୁବ କଂଗ୍ରେସ ସଭାପତି ସନାତନ ସାହୁ ପ୍ରମୁଖ ବକ୍ତବ୍ୟ ରଖିଥିଲେ।

## ଧର୍ମଶାଳା ମୋ କଲେଜ ଅଭିଯାନ ବୈଠକ



ଧର୍ମଶାଳା (ପିଏନ୍): ଜାରକାସ୍ଥିତ ଧର୍ମଶାଳା ମହାବିଦ୍ୟାଳୟ ପରିସରରେ ମୋ କଲେଜ ଅଭିଯାନ ବୈଠକ ଅନୁଷ୍ଠିତ ହୋଇଯାଇଛି। କଲେଜର ଅଧ୍ୟକ୍ଷ ତପନ କୁମାର ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ବିଧାୟକ ପ୍ରଣବ କୁମାର ବଳବନ୍ତରାୟ, କଲେଜ ପରିଚାଳନା କମିଟି ସଭାପତି ଡ. ପ୍ରିୟନାଥ ମହାପାତ୍ର ଯୋଗଦେଇଥିଲେ। ଧର୍ମଶାଳା ମହାବିଦ୍ୟାଳୟ ଧର୍ମଶାଳା ବ୍ଲକର ସର୍ବପୁରାତନ ମହାବିଦ୍ୟାଳୟ, ଏହି ମହାବିଦ୍ୟାଳୟର ଅନେକ ଉନ୍ନତି ମୁଳକ କାର୍ଯ୍ୟ ହୋଇଥିଲେ ହେଁ ଆଉ ଅନେକ କାର୍ଯ୍ୟ ହେବାର ଅବଶ୍ୟକତା ରହିଛି। କଲେଜଗୁଡିକର ଉନ୍ନତି ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ମୋ କଲେଜ ଅଭିଯାନର ଶୁଭାରମ୍ଭ କରିଛନ୍ତି। ଏହି କଲେଜର ବହୁ ଛାତ୍ରଛାତ୍ରୀମାନେ ଉଚ୍ଚ ପଦପଦବୀରେ ଅଧିଷ୍ଠିତ ହୋଇଛନ୍ତି। ସେମାନଙ୍କୁ ମୋ କଲେଜ ଅଭିଯାନରେ ସାମିଲ କରିବାକୁ ପ୍ରସ୍ତାବ ଦେଇଥିଲେ। ଏଥିସହିତ ପୁରାତନ ଛାତ୍ର ସଂସଦର ସଭାପତିମାନଙ୍କୁ ଯୋଗାଯୋଗ କରି ଏହି ଅଭିଯାନରେ ସମସ୍ତଙ୍କୁ ସାମିଲ କରିବାକୁ ମତବ୍ୟକ୍ତ କରିଥିଲେ। ଏହି ଅବସରରେ ପ୍ରଥମ ବ୍ୟାଚର ଛାତ୍ର ବଟକୃଷ୍ଣ ପରିଡା, ପୁରାତନ ଛାତ୍ର ସଂସଦ ସଭାପତି କ୍ଷିତିଶ ନାୟକ, ଜିଲ୍ଲା ପରିଷଦ ସଭ୍ୟା ସ୍ମୃତିରେଖା ବେହେରା, ଛାତ୍ର ବିଜେଡି ଜିଲ୍ଲା ସଭାପତି ସୌମ୍ୟପ୍ରକାଶ ବିଶ୍ୱାଳ, ସମିତି ସଭ୍ୟା କ୍ଷୀରାବ୍ଧି ତନୟା ମଲିକ ପ୍ରମୁଖ ମୋ କଲେଜ ଅଭିଯାନର ସଫଳତା ପାଇଁ ଆଶାବ୍ୟକ୍ତ କରିଥିଲେ। ଆସନ୍ତା ଅକ୍ଟୋବର ମାସ ୨୩ ତାରିଖରେ ପରବର୍ତୀ ବୈଠକ ଅନୁଷ୍ଠିତ ହେବ ବୋଲି ସ୍ଥିର କରାଯାଇଥିଲା। ପ୍ରାରମ୍ଭରେ ମୋ କଲେଜ ଅଭିଯାନର ସଂଯୋଜକ ନିଗମାନନ୍ଦ ବିଶ୍ୱାଳ ସୂଚନା ପ୍ରଦାନ କରିଥିଲେ। ଅଧ୍ୟାପକ ବିଶ୍ୱଜିତ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ବାଲେଶ୍ୱରରେ ଶିଶୁ ପାଇଁ ଦିନଟିଏ କାର୍ଯ୍ୟକ୍ରମ



ବାଲେଶ୍ୱର (ପିଏନ୍)-ଶିଶୁ ସୁରକ୍ଷା ୟୁନିଟ ପକ୍ଷରୁ ଜିଲ୍ଲାସ୍ତରୀୟ "ଶିଶୁ ପାଇଁ ଦିନଟିଏ" କାର୍ଯ୍ୟକ୍ରମ ଏନ୍ ଆଇ ସି ପରିସରରେ ଥିବା ମହାତ୍ମା ଗାନ୍ଧୀ ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ଜିଲ୍ଲା ପରିଷଦ ସଭାପତି ନାରାୟଣ ପ୍ରଧାନ ଯୋଗଦେଇଥିଲେ। ସମ୍ମାନିତ ଅତିଥିଭାବେ ଜିଲ୍ଲାପାଳ ଦତ୍ତାତ୍ରୟ ଭାଓ ସାହେବ ଶିନ୍ଦେ ଓ ଅତିରିକ୍ତ ଜିଲ୍ଲାପାଳ ଭାବେଶ ନାୟକ ପ୍ରମୁଖ ଯୋଗଦେଇଥିଲେ। ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀଯୁକ୍ତ ମାଝୀ ସଭାପତିତ୍ୱ କରିଥିବା ବେଳେ ଜିଲ୍ଲାସୁରକ୍ଷା ୟୁନିଟ ଏବଂ ଜିଲ୍ଲା ସୁରକ୍ଷା ମଙ୍ଗଳ କମିଟି ସଦସ୍ୟ, ସଦସ୍ୟାମାନେ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ। ଚଳିତ ବର୍ଷ ମ୍ୟାଟ୍ରିକ ପରୀକ୍ଷାରେ ୮୦ ପ୍ରତିଶତରୁ ଉର୍ଦ୍ଧ୍ୱ ନମ୍ବର ରଖିଥିବା ୯ ଜଣ କୃତି ଛାତ୍ରଛାତୀଙ୍କୁ ୫ ହଜାର ଟଙ୍କା ଲେଖାଏଁ ବୃ ି ପ୍ରଦାନ କରାଯାଇଥିଲା। ସେହିପରି "ସୁକନ୍ୟା ସମୃଦ୍ଧି" ଯୋଜନାରେ ୧୪ ଜଣ ଛାତ୍ରୀଙ୍କ ଆକାଉଣ୍ଟ ଖୋଲାଯାଇ ପାଶ ବୁକ୍ ପ୍ରଦାନ କରାଯାଇଥିଲା। ୧୮ ବର୍ଷ ପର୍ଯ୍ୟନ୍ତ ସେମାନଙ୍କ ଆକାଉଣ୍ଟକୁ ୨ ହଜାର ଟଙ୍କା ଜମା କରାଯିବ ବୋଲି ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀ ମାଝୀ ବକ୍ତବ୍ୟରେ କହିଥିଲେ।

## ଅବକାରୀ ବିଭାଗ ପକ୍ଷରୁ ଚଢାଉ, ଦେଶୀ ମଦ ଜବତ

ଖୋର୍ଦ୍ଧା (ପିଏନ୍)-ଖୋର୍ଦ୍ଧା ଜିଲ୍ଲା ଅବକାରୀ ବିଭାଗ ପକ୍ଷରୁ ବେଗୁନିଆ ଥାନା ଅନ୍ତର୍ଗତ ରାସୋଳ ଗ୍ରାମରେ ଦେଶୀ ରନ୍ଧା ମଦ ଭାଟି ଉପରେ ଚଢାଉ କରାଯାଇଥିଲା। ଏହି ଚଢାଉ ବେଳେ ୧ହଜାର ୨୦ ଲିଟର ଦେଶୀ ମଦ ଜବତ କରାଯିବା ସହ ଆବଶ୍ୟକୀୟ ସରଂଜାମ ସହ ଗୋଟିଏ ମାରୁତି କାର ଜବତ କରାଯାଇଥିଲା। ଏଥିରେ ମଦ ପ୍ରସ୍ତୁତ କରୁଥିବା ରାସୋଳ ଗ୍ରାମର ରଜନୀକାନ୍ତ ପାଇକରାୟ କୌଣସି ସୂତ୍ରରୁ ଖବର ପାଇ ଘଟଣାସ୍ଥଳରୁ ଫେରାର ହୋଇ ଯାଇଥିଲେ ବୋଲି ଜିଲ୍ଲା ଅବକାରୀ ବିଭାଗର ନିରୀକ୍ଷକ ଭୈରବ ସାହୁଙ୍କ ଠାରୁ ପ୍ରକାଶ। ଏ ନେଇ ଜିଲ୍ଲା ଭ୍ରାମ୍ୟମାଣ ଅବକାରୀ ନିରୀକ୍ଷକ ରାଜଶେଖର ସ୍ୱାଇଁ, ଭ୍ରାମ୍ୟମାଣ ଉପ-ନିରୀକ୍ଷକ ବି ମନୋଜ କୁମାର, ବେଗୁନିଆ ଓଆଇସି ରାଜେନ୍ଦ୍ର ଜେସ ଓ ଖୋର୍ଦ୍ଧା, ବେଗୁନିଆର ଭ୍ରାମ୍ୟମାଣ କର୍ମଚାରୀମାନେ ଅଂଶଗ୍ରହଣ କରିଥିଲେ।

# ଭ୍ରାନ୍ତିହୀନ କ୍ରାନ୍ତିକାରୀ ପ୍ରାଣନାଥ



ମାନବ ସମାଜର ଅଗ୍ରଗତି ପଥରେ ଯେଉଁସବୁ ପ୍ରତିବନ୍ଧକ ରହିଛି ତାକୁ ହଟାଇ ସ୍ଥିତାବସ୍ଥା ବଦଳରେ ନୂତନ ପ୍ରଗତିଶୀଳ ବ୍ୟବସ୍ଥାକୁ ଯିବାର ନାମ କ୍ରାନ୍ତି। ସ୍ୱର୍ଗୀୟ ପ୍ରାଣନାଥ ପଟ୍ଟନାୟକ ଥିଲେ ଏହି କ୍ରାନ୍ତି ପଥର ଯାତ୍ରୀ। ତେଣୁ ସେ ଥିଲେ କ୍ରାନ୍ତିକାରୀ। ଅତି ସରଳ ଭାବରେ ବୁଝିବାକୁ ଗଲେ ସେ ଥିଲେ ଜଣେ ଉତ୍ସର୍ଗୀକୃତ ସଂଗ୍ରାମୀ, ସମାଜ ସଂସ୍କାରକ, ବାମପନ୍ଥୀ ଚିନ୍ତାଧାରାର ପ୍ରବକ୍ତା, ପ୍ରଗତିବାଦର ଜନନେତା, ଶିକ୍ଷାର ପ୍ରସାରରେ ଅଗ୍ରଣୀ, ଆସନ୍ତାକାଲିର ସାହିତ୍ୟ ଲେଖକ।

ଗୋଟିଏ ସମ୍ଭ୍ରାନ୍ତ ବଂଶରେ ଜନ୍ମଲାଭ କରି ଉଚ୍ଚଶିକ୍ଷା ଲାଭ କରିଥିବା ଯୁବକ ପ୍ରାଣନାଥ ପଟ୍ଟନାୟକ ଉଚ୍ଚ ଚାକିରିର ମୋହ ତ୍ୟାଗ କରି ଐତିହାସିକ ଆବଶ୍ୟକତାର ଆହ୍ୱାନକୁ ସ୍ୱାଗତ ଜଣାଇ ଏବଂ ଗାନ୍ଧି, ଗୋପବନ୍ଧୁଙ୍କୁ ନିଜ ଜୀବନର ଆଦର୍ଶ ରୂପେ ଗ୍ରହଣ କରିନେଇ ଜାତୀୟ ମୁକ୍ତି ଆନ୍ଦୋଳନକୁ ଲମ୍ଫ ଦେଇଥିଲେ। ଜୀବନର ଶେଷ ସମୟ ପର୍ଯ୍ୟନ୍ତ ସେ ଥିଲେ କ୍ରାନ୍ତିକାରୀ ଓ କ୍ରାନ୍ତିପଥର ପଥିକ। ୧୯୩୬ରେ ଓଡ଼ିଶାରେ କୃଷକ ସଙ୍ଗଠନ ଗଠିତ ହେଲା। ପ୍ରାଣନାଥ ପଟ୍ଟନାୟକ ସେହି ସଙ୍ଗଠନର ମୁଖ୍ୟ କର୍ତ୍ତା ଭାବେ ରହିଥିଲେ। ଦୀର୍ଘବର୍ଷ ଧରି ରାଜ୍ୟ କୃଷକ ସଭାର ସେ ସଭାପତି ରହି କୃଷକ ଆନ୍ଦୋଳନକୁ ନେତୃତ୍ୱ ଦେଉଥିଲେ। ମାର୍କ୍ସବାଦର ବୈଜ୍ଞାନିକ ସାମ୍ୟବାଦ ତତ୍ତ୍ୱରେ ଉଦ୍‌ବୁଦ୍ଧ ହୋଇ କଲିକତାରେ କମ୍ୟୁନିଷ୍ଟ ପାର୍ଟି ଗଠିତ ହେଲା। ଭଗବତୀ ଚରଣ ପାଣିଗ୍ରାହୀ ଏହାର ସମ୍ପାଦକ ରହିଥିଲେ। ତେଣୁ ଓଡ଼ିଶାରେ କମ୍ୟୁନିଷ୍ଟ ପାର୍ଟିର ସେ ଥିଲେ ଅନ୍ୟତମ ସ୍ରଷ୍ଟା।

ସ୍ୱାଧୀନତା ପରେ ମଧ୍ୟ ସେ ଦୀର୍ଘଦିନ ଆତ୍ମଗୋପନ କରି ଶେଷରେ ୧୯୪୮ରୁ ୫୨ ପର୍ଯ୍ୟନ୍ତ ଅଟକବନ୍ଦୀ ହୋଇ ରହିବା ସହିତ ୧୯୬୪ରେ ଦରଦାମ ବୃଦ୍ଧି, ବ୍ୟାଙ୍କ ଜାତୀୟକରଣ, ରଜାଙ୍କ ଭତ୍ତା କାଟ ଦାବି ନେଇ ଆନ୍ଦୋଳନ କରି ଦୀର୍ଘ ଛଅ ମାସରୁ ଉର୍ଦ୍ଧ୍ୱକାଳ ବନ୍ଦୀ ଜୀବନ କଟାଇଥିଲେ। ସେ ଜଣେ ନିର୍ଭୀକ ସଂଗ୍ରାମୀ ଭାବେ ଏସବୁ ଦଣ୍ଡକୁ ସହ୍ୟକରି ନେଉଥିଲେ। ଖୋର୍ଦ୍ଧାବାସୀଙ୍କ ଶ୍ରଦ୍ଧା ପାଇ ସେ ଓଡ଼ିଶା ବିଧାନସଭାକୁ ୧୯୩୬/୩୭ରେ ଓ ସ୍ୱାଧୀନତା ପରେ ୧୯୫୭ରେ ବିଧାୟକ ଭାବେ ନିର୍ବାଚିତ ହୋଇ ଆସିଥିଲେ। ଜଣେ ବିଧାୟକ ଭାବେ ତାଙ୍କର ଯଥେଷ୍ଟ ସମ୍ମାନ ଓ ଖ୍ୟାତି ଥିଲା। ପ୍ରାଣନାଥ ପଟ୍ଟନାୟକ କେବଳ ଏକ ନାମ ନୁହେଁ। ଏହା ଏକ କ୍ରାନ୍ତିକାରୀ ସଙ୍ଗଠନ, ଏକ କ୍ରାନ୍ତିକାରୀ ତତ୍ତ୍ୱ, ଏକ କ୍ରାନ୍ତିକାରୀ ଇତିହାସ। ଆଗକୁ ଆଲୋକ ଦେଖାଉଥିବା ଏକ ଉଜ୍ଜ୍ୱଳ ନକ୍ଷତ୍ର।

## କର୍କଟ ପୀଡ଼ିତଙ୍କୁ ସହାୟତା ଯୋଗାଇଲା କଳ୍ପନା ଛକଟୋକା ସଂଘ

ଭୁବନେଶ୍ୱର (ପିଏନ୍): ସମାଜରେ ସାମାଜିକ ବିପ୍ଳବ ସୃଷ୍ଟି କରିବାରେ କଳ୍ପନା ଛକଟୋକା ସଂଘ ଏକ ସ୍ଥାନ ସୃଷ୍ଟି କରିପାରିଛି। ରାଜଧାନୀର ରାସ୍ତାକଡ଼ରେ ସମାଜ ମଙ୍ଗଳ ହୁଣ୍ଡି ପ୍ରତିଷ୍ଠା କରି ଅସହାୟ କର୍କଟ ରୋଗରେ ପୀଡ଼ିତ ଓ ପୀଡ଼ିତାଙ୍କ ମୁହଁରେ ଟିକେ ହସ ଫୁଟାଇବାରେ ସକ୍ଷମ ହୋଇପାରିଛି। ପାଞ୍ଚବର୍ଷ ପୂର୍ବରୁ ଯୁବକମାନଙ୍କଠାରୁ ହୁଣ୍ଡି ମାଧ୍ୟମରେ ଆଦାୟ ଅର୍ଥରାଶିକୁ ବର୍ତ୍ତମାନ ପର୍ଯ୍ୟନ୍ତ ୨୨ ଜଣ ମାରାତ୍ମକ କର୍କଟ ରୋଗୀଙ୍କୁ ନିଃସ୍ୱାର୍ଥପର ଭାବେ ତାର ସେବା ଜାରି ରଖିଛି। ରାଜଧାନୀର ବିଭିନ୍ନ ଖଟି ନିଶାମୁକ୍ତ, ହିଂସାମୁକ୍ତ ହେବା ସହ ସମାଜସେବାକୁ ଗୁରୁତ୍ୱ ଦେଇ ଭାଇଚାରା ବଜାୟ ରଖିବା ସଂଘର ଲକ୍ଷ୍ୟ ଓ ଉଦ୍ଦେଶ୍ୟ।

ଏହାକୁ ଆଖି ଆଗରେ ରଖି କଳ୍ପନା ଛକଟୋକା ସଂଘର ୨୩ତମ ସମାଜ ମଙ୍ଗଳ ହୁଣ୍ଡିଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସମାଜମଙ୍ଗଳ ହୁଣ୍ଡିର ପ୍ରତିଷ୍ଠାତା ନାରାୟଣ ଚନ୍ଦ୍ର ଓଝାଙ୍କ ସଭାପତିତ୍ୱରେ ମୁଖ୍ୟ ଅତିଥି ଭାବେ ମଧ ବିଧାୟକ ଶ୍ରୀଯୁକ୍ତ ଅନନ୍ତ ନାରାୟଣ ଜେନା ଯୋଗଦେଇ ସମାଜମଙ୍ଗଳ ହୁଣ୍ଡିର ମହାନ କାର୍ଯ୍ୟକୁ ଭୂୟସୀ ପ୍ରଶଂସା କରିଥିଲେ। ହୁଣ୍ଡିରୁ ଆଦାୟ ମୋଟ ତିରିଶି ହଜାର ପାଞ୍ଚଶହ ଏକ ଟଙ୍କା ଅର୍ଥରାଶି ବ୍ରହ୍ମେଶ୍ୱରପୁର, ଡେଲାଙ୍ଗ, ପିପିଲି ଅଞ୍ଚଳର କର୍କଟ ପୀଡ଼ିତ ସତ୍ୟପ୍ରିୟ ନାୟକଙ୍କୁ ଅତିଥିମାନଙ୍କ ଉପସ୍ଥିତିରେ ପ୍ରଦାନ କରାଯାଇଥିଲା।

ସମ୍ମାନିତ ଅତିଥି ଭାବେ ଏସିପି ବିଷ୍ଣୁ ପ୍ରସାଦ ପାତ୍ର, କର୍ପୋରେଟର ଆଶିଷ ପଟ୍ଟନାୟକ, ସମାଜସେବୀ ଆଦିତ୍ୟ ଗଜେନ୍ଦ୍ର, ଯୁବନେତା ସଂଗ୍ରାମ ମାର୍ଥା, ପ୍ରଯୋଜକ ଶ୍ରୀଧର ମାର୍ଥା, ସମାଜସେବୀ ତଥା କବୟିତ୍ରୀ ବନ୍ଦନା ହରିଚନ୍ଦନ, ସ୍ତମ୍ଭକାର ସୃଷ୍ଟିକୀର୍ତ୍ତି ତ୍ରିପାଠୀ, ସମାଜସେବୀ ମନସ୍ମିତା ଜେନା, ସମାଜସେବୀ ସସ୍ମିତା ଦାସ, ସମାଜସେବୀ ଲିପିକା ରାୟ, ନାଟ୍ୟ ପ୍ରାଧାପକ ଡା. ଅସିତ ଦାସ, ନିର୍ଦ୍ଦେଶକ ଶିବଶଙ୍କର ତ୍ରିପାଠୀ, ଅଭିନେତା ବୁଲୁ ପଣ୍ଡା, ଯାତ୍ରା ନାୟକ ହୃଷିକେଶ ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ। ସଂଘର ସଭାପତି ଧୀରେନ ରାଉତରାୟ ଧନ୍ୟବାଦ ଅର୍ପଣ କରିଥିଲେ। ଉପସଭାପତି ପବିତ୍ର ଗଜେନ୍ଦ୍ର, ରୋହିତ କୁମାର, ସଞ୍ଜୟ ପରିଡ଼ା, ପ୍ରମୋଦ କୁମାର ପତି, ଗୁରୁପଦ ନାଥ, ବାସୁଭ ଦାସ, ତନ୍ମୟ ସାମନ୍ତରାୟ, ବାବୁଲା ପରିଡ଼ା, ସ୍ନିଗ୍ଧା ମହାନ୍ତି, ରୂପଶ୍ରୀ ସାହୁ, ବର୍ଷା ଦାସ, ଇମନ ମହାନ୍ତି, ଜ୍ୟୋତିର୍ମୟୀ ପଣ୍ଡା, ନିରଞ୍ଜନ ସାହୁ, ରାଜକୁମାର, ସନ୍ଧ୍ୟାରାଣୀ ପ୍ରମୁଖ କାର୍ଯ୍ୟକ୍ରମର ପରିଚାଳନା କରିଥିଲେ।

## କଂଗ୍ରେସ କର୍ମୀଙ୍କୁ ପିସିସି ସଭାପତିଙ୍କ ଧନ୍ୟବାଦ ଜ୍ଞାପନ

ରାଉରକେଲା (ପିଏନ୍): ପ୍ରଦେଶ କଂଗ୍ରେସ ସଭାପତି ଶ୍ରୀ ଶରତ ପଟ୍ଟନାୟକ ତାଙ୍କର ୩ ଦିନିଆ ରାଉରକେଲା ଓ ସୁନ୍ଦରଗଡ ଗସ୍ତ ସାରି ଭୁବନେଶ୍ୱର ଅଭିମୁଖେ ଯାତ୍ରା କରିଛନ୍ତି। ତାଙ୍କର ଏହି ଗସ୍ତ କାଳରେ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ ହଜାର ହଜାର ସଂଖ୍ୟାରେ କଂଗ୍ରେସ କର୍ମୀ ତାଙ୍କୁ ସ୍ୱାଗତ କରି ସମ୍ବର୍ଦ୍ଧିତ କରିଥିଲେ। ସେହିପରି ସୁନ୍ଦରଗଡ ଜିଲ୍ଲା କଂଗ୍ରେସ ତରଫରୁ ମଧ୍ୟ ସୁନ୍ଦରଗଡରେ ଶ୍ରୀ ପଟ୍ଟନାୟକଙ୍କୁ ବିପୁଳ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ରାଜଗାଙ୍ଗପୁରରେ ମଧ୍ୟ ଯୁବ କଂଗ୍ରେସ କର୍ମୀଙ୍କୁ ନେଇ ଏକ ମହତ୍ୱପୂର୍ଣ୍ଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି ସମସ୍ତ କାର୍ଯ୍ୟକ୍ରମରେ ଉଭୟ ଜିଲ୍ଲା କଂଗ୍ରେସର କର୍ମକର୍ତ୍ତା ଓ କର୍ମୀ ତଥା ବରିଷ୍ଠ କଂଗ୍ରେସ ନେତୃବୃନ୍ଦ, ଯୁବ କଂଗ୍ରେସ, ଛାତ୍ର କଂଗ୍ରେସ, ମହିଳା କଂଗ୍ରେସ, କଂଗ୍ରେସ ସେବାଦଳ, କଂଗ୍ରେସର ଏସ୍‌ଟି ସେଲ୍, ଏସ୍‌ସି ସେଲ୍, ଓବିସି ସେଲ୍, ସଂଖ୍ୟାଲଘୁ ସେଲ୍, ଲିଗାଲ ସେଲ୍, କିସାନ ସେଲ୍, ମତ୍ସ୍ୟଜୀବି ସେଲ୍, ଅସଙ୍ଗଠିତ ଶ୍ରମିକ ସେଲ୍, ଆଇଏନ୍‌ଟିୟୁସି ଇତ୍ୟାଦିର ସମସ୍ତ କର୍ମକର୍ତ୍ତା ଓ କର୍ମୀମାନେ ଶ୍ରୀ ପଟ୍ଟନାୟକଙ୍କୁ ଯେପରି ବିପୁଳ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇ ଅତି ସୁନ୍ଦର ଭାବରେ ବିଭିନ୍ନ କାର୍ଯ୍ୟକ୍ରମ ଆୟୋନଜ କଲେ ସେଥିପାଇଁ ଶ୍ରୀ ପଟ୍ଟନାୟକ ସମସ୍ତଙ୍କୁ ଆନ୍ତରିକ ଧନ୍ୟବାଦ ଜ୍ଞାପନ କରିଛନ୍ତି। ଏହିସବୁ କାର୍ଯ୍ୟକ୍ରମକୁ ଯେପରି ସ୍ଥାନୀୟ ଗଣମାଧ୍ୟମ ପ୍ରତିନିଧି, ପୁଲିସ୍ ପ୍ରଶାସନ ତଥା ସହରବାସୀଙ୍କ ତରଫରୁ ବିଶେଷ ସହଯୋଗ ମିଳିଲା ସେଥିପାଇଁ ସେମାନଙ୍କୁ ଶ୍ରୀ ପଟ୍ଟନାୟକ ବିଶେଷ ଧନ୍ୟବାଦ ଜ୍ଞାପନ କରିଛନ୍ତି ବୋଲି ଏକ ପ୍ରେସ୍ ବିବୃତିରେ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ କୁହାଯାଇଛି।

## ଶିକ୍ଷାବିତ୍ ଭଗବାନ ପଟ୍ଟନାୟକଙ୍କ ସ୍ମୃତିସଭା

ଖୋର୍ଦ୍ଧା (ପିଏନ୍): ଖୋର୍ଦ୍ଧା ଶିକ୍ଷାଜିଲ୍ଲା ଜିଲ୍ଲା ସମ୍ମାନପ୍ରାପ୍ତ ଶିକ୍ଷକ ଭଗବାନ ପଟ୍ଟନାୟକଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ ସ୍ମୃତିସଭା ଜନ୍ମସ୍ଥାନ ବାଂକୋଇ ଠାରେ ଐତିହାସିକ ସତ୍ୟବାଦୀ ବଳିଆରସିଂହଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ସ୍ୱର୍ଗତ ପଟ୍ଟନାୟକ ବିଭିନ୍ନ ବିଷୟରେ ଗଭୀର ଜ୍ଞାନର ଅଧିକାରୀ ହୋଇ ଆଦର୍ଶ ଶିକ୍ଷକ ଭାବେ ସୁନାମ ଅର୍ଜନ କରିଥିଲେ ବୋଲି ସ୍ମୃତିସଭାରେ ମତପ୍ରକାଶ ପାଇଥିଲା। ଏହି କାର୍ଯ୍ୟକ୍ରମରେ ଐତିହାସିକ ରବୀନ୍ଦ୍ରନାଥ ପରିଡ଼ା ମୁଖ୍ୟଅତିଥି, ଶିକ୍ଷାବିତ୍ ହରିବନ୍ଧୁ ସାହୁ ମୁଖ୍ୟବକ୍ତା, ରାଜ୍ୟ ପ୍ରାଥମିକ ଶିକ୍ଷକ ସଂଘର ଉପସଭାନେତ୍ରୀ ସଂଗୀତା ଦାଶ ସ୍ୱତଂତ୍ର ଅତିଥି ଏବଂ ସମ୍ମାନିତ ଅତିଥି ଭାବେ କୃଷି ବିଭାଗର ଅବସରପ୍ରାପ୍ତ ନିର୍ଦ୍ଦେଶକ ଡ. କେଶବ ଚନ୍ଦ୍ର ଭୋଳ, ବାଲ୍ମୀକ ବଳିଆରସିଂହ, ଗୋବିନ୍ଦ ଚନ୍ଦ୍ର ସାହୁ ପ୍ରମୁଖ ଯୋଗଦେଇ ସ୍ୱର୍ଗତ ଶିକ୍ଷକଙ୍କ ବହୁମୁଖୀ ଗୁଣାବଳିର ସ୍ମୃତିଚାରଣ କରିଥିଲେ। ଏହି ଅବସରରେ ସ୍ୱର୍ଗତ ପଟ୍ଟନାୟକଙ୍କ ଜୀବନୀ ଆଧାରିତ ସ୍ମରଣିକା 'ଜ୍ଞାନଦୀପ୍ତ' ଉନ୍ମୋଚିତ ହୋଇଥିଲା। ଭଗବାନ ପଟ୍ଟନାୟକ ସ୍ମୃତି ସଂସଦ ପକ୍ଷରୁ ଶିକ୍ଷାବିତ୍ ସଂଗୀତା ଦାଶ, ଖୋର୍ଦ୍ଧାର କବୟିତ୍ରୀ ସୁବାସିନୀ ପଟ୍ଟନାୟକ, ଟାଂଗୀର ଶିକ୍ଷକନେତା ପ୍ରସନ୍ନ ଶ୍ରୀଚନ୍ଦନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଡ. କୃଷ୍ଣଚନ୍ଦ୍ର ପଟ୍ଟନାୟକ ଅତିଥଇ ପରିଚୟ ଓ ସ୍ୱାଗତ ଭାଷଣ ଦେଇଥିବାବେଳେ କନ୍ୟା ମଂଜୁଶ୍ରୀ ପଟ୍ଟନାୟକ ଧନ୍ୟବାଦ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ସୁକାନ୍ତ ଦାସ, ପ୍ରାଣକୃଷ୍ଣ ପାତ୍ର, ବାସୁଦେବ ସିଂହ, ଫଂଚୁ ଭାରିମଲ୍ଲ, ଚିନ୍ତାମଣି ବିଶ୍ୱାଳ, ଡ. ବିବେକାନନ୍ଦ ସ୍ୱାଇଁ, ଗୀତାରାଣୀ ମହାପାତ୍ର ପ୍ରମୁଖ ତାଂକର ବହୁମୁଖୀ ଗୁଣାବଳି ଉପରେ ଆଲୋକପାତ କରିଥିଲେ। ପୁତ୍ର ଶିଶିର କୁମାର ପଟ୍ଟନାୟକ, ଶରତ କୁମାର ପଟ୍ଟନାୟକ, ଗୀତାଂଜଳି ହରିଚନ୍ଦନ, ନିଗମ ପ୍ରସାଦ ହରିଚନ୍ଦନ, ସତ୍ୟାନନ୍ଦ ଜଗଦେବ, ଆଶୁତୋଷ ପଟ୍ଟନାୟକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ମହିଳା ଓ ଶିଶୁ ଡେସ୍କ ଅଧିକାରୀଙ୍କ କର୍ମଶାଳା

ବାଲେଶ୍ୱର (ପିଏନ୍)- ରାଜ୍ୟ ପୁଲିସ ବିଭାଗ ଅଧୀନରେ ଥିବା ଥାନାଗୁଡ଼ିକରେ ଖୋଲିଥିବା ମହିଳା ଓ ଶିଶୁ ଡେସ୍କରେ କର୍ମରତ ପୁଲିସ କର୍ମଚାରୀମାନଙ୍କର ଦୁଇଦିନିଆ କର୍ମଶାଳା ନୋସୀ ବିଜନେସ ପାର୍କ ସମ୍ମିଳନୀରେ ଉଦ୍‌ଘାଟିତ ହୋଇଯାଇଛି। ଏଥିରେ ଅତିଥି ଭବେ ବିଭାଗୀୟ ଏ.ଡ଼ି.ଜି ରେଖା ଲୋହାନି, ସମ୍ମାନିତ ଅତିଥି ଭାବେ ପୂର୍ବାଞ୍ଚଳ ରେଞ୍ଜ ଆଇ.ଜି ହିମାଂଶୁ ଲାଲ ଓ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ସୁଧାଂଶୁ ଶେଖର ମିଶ୍ର ପ୍ରମୁଖ ଶିଶୁ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାର ଓ ଏତଲା ଥାନାରେ ଦେବାପରେ ଡେସ୍କ ପକ୍ଷରୁ କିଭଳି ପଦକ୍ଷେପ ନିଆଯିବ ସେ ସମ୍ପର୍କରେ ବୁଝାଇଥିଲେ। ଚାଇଲ୍ଡ଼ ଲାଇନ ଓ ୟୁନିସେଫର ବୈଷୟିକ ସହଯୋଗରେ ଆୟୋଜିତ କର୍ମଶାଳାରେ ଚାଇଲ୍ଡ଼ ଲାଇନ ପକ୍ଷରୁ ନିଯୁକ୍ତ ରିଶୋର୍ସ ପର୍ସନ ତଥା ଟ୍ରେନର କେ. ରମେଶ, ରାଜୁ କୋଟାଇ ଏବଂ ଆରକା ଲାହା ପ୍ରମୁଖ ଭଦ୍ରକ ଯାଜପୁର ଓ ବାଲେଶ୍ୱର ଜିଲ୍ଲାର ବିଭିନ୍ନ ଥାନାରୁ ଆସିଥିବା ପୁଲିସ ଅଧିକାରୀମାନେ ଉପସ୍ଥିତ ରହି ଟ୍ରେନରମାନଙ୍କ ବିଭିନ୍ନ ପ୍ରଶ୍ନଗୁଡ଼ିକର ଉତ୍ତର ଦେଇଥିଲେ। ଟ୍ରେନରମାନେ ମୁଖ୍ୟତଃ ୩୫ଟି ପ୍ରସଙ୍ଗ ଉପରେ ବୁଝାଇଥିଲେ।


# DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Phragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ରାଇରଙ୍ଗପୁର ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଅଗ୍ନିକାଣ୍ଡ : ୨କୋଟିରୁ ଅଧିକ ମୂଲ୍ୟର ସମ୍ପତି ନଷ୍ଟ

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁର ପୌରପରିଷଦର ବଜାର ଗୋଲେଇ ଛକ ନିକଟରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଗତ ବୁଧବାର ରାତି ପ୍ରାୟ ୩ଟା ପାଖାପାଖି ଅଗ୍ନିକାଣ୍ଡ ଘଟିଥିଲା । ଖବର ପାଇ ବାମନଘାଟି ଉପଖଣ୍ଡସ୍ଥିତ ଏକ ଦମକଳ ଗାଡ଼ି ୪ଟା ପାଖାପାଖି ପହଁଚି ନିଆଁକୁ ଆୟତ କରିବାକୁ ଉଦ୍ୟମ ଚଳାଇଥିବା ସମୟରେ ଗାଡ଼ିରେ ପାଣି ଶେଷ ହୋଇଯାଇଥିଲା । ଏହାପରେ ଅନ୍ୟ ଗାଡ଼ିଗୁଡ଼ିକ ପହଁଚିବା ନିମନ୍ତେ ପ୍ରାୟ ଏକ ଘଂଟାରୁ ଅଧିକ ବିଳମ୍ବ କରିଦେଇଥିବାରୁ ନିଆଁ ସମସ୍ତ ଚାରିଆଡ଼େ ମାଡ଼ି ଯାଇଥିଲା । ପରବର୍ତି ସମୟରେ ପ୍ରାୟ ୯ରୁ ଅଧିକ ଦମକଳ ଗାଡ଼ି ଘଟଣାସ୍ଥଳରେ ପହଁଚି ନିଆଁକୁ ଆୟତ କରିବା ନିମନ୍ତେ ଆପ୍ରାଣ ଉଦ୍ୟମ ଚଳାଇଥିଲେ । ପ୍ରାୟ ୫ ଘଂଟାରୁ ଅଧିକ ସମୟ ଧରି ଅଗ୍ନିଶମ ବିଭାଗର କର୍ମଚାରୀମାନଙ୍କ ମିଳିତ ଉଦ୍ୟମ ପରେ ନିଆଁକୁ ଆୟତ କରାଯାଇ ପାରିଥିଲା । ସପିଂ ମଲରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର, ଫ୍ରେଣ୍ଡସ୍ ଏମ୍ପୋରିଆଲ, ଫ୍ରେଣ୍ଡସ୍ ଡ଼ିପାଟମେଂଟାଲ, ଫ୍ରେଣ୍ଡସ୍ ୟୁଟିଲିଟି ଓ ଫ୍ରେଣ୍ଡସ୍ ଗାର୍ମେଂଟ ଆଦି ୫-ଟି ବ୍ୟବସାୟ ପ୍ରତିଷ୍ଠାନରେ ଥିବା କ୍ଷେସନାରୀ ଓ ଗିଫ୍ଟ ସାମଗ୍ରୀ, କପଡ଼ା, ଇଲେକ୍ଟ୍ରୋନିକ୍ସ ସାମଗ୍ରୀ, ଫ୍ରିଜ୍, ଟିଭି, ମୋବାଇଲ ଆଦି ସମସ୍ତ ଜିଲିଷପତ୍ର ସହ ଆସବାବପତ୍ର ପୋଡ଼ି ସମ୍ପୂର୍ଣ୍ଣ ନଷ୍ଟ ହେବା ସହିତ ସପିଂ ମଲ୍ କୋଠାଟି ପୋଡ଼ି ଯାଇଥିଲା । ଫଳରେ ମଲରେ ଥିବା ରତନ ରାମ, ମନୋହର ରାମ, ଉମେଶ ରାମ, ଅଜୟ ରାମ ଓ ରିତେଶ ରାମ ପ୍ରମୁଖ ବ୍ୟବସାୟୀମାନଙ୍କର ପ୍ରାୟ ୨ କୋଟିରୁ ଅଧିକ ମୂଲ୍ୟର ଜିନିଷପତ୍ର ଓ ଆସବାବପତ୍ରଗୁଡ଼ିକ ଆଖି ସମ୍ମୁଖରେ ପୋଡ଼ି ପାଉଁଶ ପାଲଟି ଯାଇଥିଲା ।

# ବାଂଶପାଣି ରେଳସାଇଡିଂରେ ୨ ଗୋଷ୍ଠୀ ସଂଘର୍ଷ ଘଟଣାରେ ମାଷ୍ଟର ମାଇଣ୍ଡ ଫେରାର

## ଡାମେଜ କେ୍‌ ାଲ ପାଇଁ କଲେଜ ର ଭଣଜାକୁ ଗିରଫ କଲା ପୋଲିସ

ଯୋଡ଼ା(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଥାନା ଅନ୍ତର୍ଗତ ବାଂଶପାଣି ରେଳ ସାଇଡିଂ ଠାରେ ଗତ ସେପ୍ଟେମ୍ବର ମାସ ୧୨ ତାରିଖ ଦିନ ଲୁହା ପଥର ପରିବହନକୁ ନେଇ ଘଟିଯାଇଥିବା ଗୋଷ୍ଠୀ ସଂଘର୍ଷ ଘଟଣାରେ ଅଭିଯୁକ୍ତଙ୍କୁ ଆମିର ହୁସେନକୁ (୩୦) ଯୋଡା ଥାନା ପୋଲିସ ସୋମବାର ମଧ ରାତ୍ରୀରେ ଗିରଫ କରି କେଶ ନଂ ୧୩୦/୨୦୨୦ ଦଫା ୧୪୭/୧୪୮/୪୫୨/୩୨୩/ ୩୨୫/୪୩୬/୪୨୭/୩୦୭/୫୦୬/ ୧୪୭ ଆଇପିସି ଧାରରେ ମାମଲା ରଜୁ କରି ମଙ୍ଗଳବାର କୋର୍ଟ ଚାଲାଣ କରିଥିବା ଖବର ହସ୍ତଗସ୍ତ ହୋଇଛି । ସ୍ଥାନୀୟ ଅଧୀବାସୀଙ୍କ ଠାରୁ ପ୍ରକାଶ ଯେ ଆମିର ହୁସେନର ମାମୁଁ ଏମଡି ଫିରୋଜ ଅହମ୍ମଦ ଓରଫ କଲେଜ ସିଧାସଳଖ ଭାବେ ଏହି ଘଟଣାରେ ଗଣ୍ଡଗୋଳ ଏବଂ ଆକ୍ରମଣ ଘଟଣାରେ ସମ୍ପୃକ୍ତ ଥିଲେ ମଧ ଯୋଡା ଥାନା ପୋଲିସ କଲେଜଙ୍କ ଉପରେ ଅହେତୁକ ଅନୁକମ୍ପା ଦେଖାଉଥିବା ମନେ ହୁଏ । ଏକଦା ତ କାଳୀନ ବଡବିଲ ଏସଡିପିଓ ରାଜେଶ ପଣ୍ଡିତଙ୍କର ଅତ୍ୟନ୍ତ ଅନୁମତ ଭାବେ ପ୍ରଚାର କରି ନିଜ ଇଛା ମୁତାବକ ବିଭିନ୍ନ ଖଣି ସଂସ୍ଥାରୁ କାର୍ଯ୍ୟ ନେବା ଏବଂ ସ୍ଥାନୀୟ ଅ ଳର ଜନସାଧାରଣ ନାମରେ ପୋଲିସକୁ ମିଥ୍ୟା ତଥ୍ୟ ଯୋଗାଇ ପୋଲିସର ଇନ୍‌ଫର୍ମ ସାଜି କଲେଜ କୋଟି କୋଟି ଟଙ୍କା ମୁନଫା କରିଥିବା ସାଧାରଣରେ ଚର୍ଚ୍ଚା ହୁଏ । ପିଲେଟ ଚୋରି ଠାରୁ ଆରମ୍ଭ କରି ବାଂଶପାଣି ୟୁନାଇଟେଡ୍ କ୍ରସର ଘଟଣା ରେ ଗିରଫ କରାଇବା ସହିତ ମୁକେଶ ସିଂଙ୍ଘାନିଆ ଙ୍କୁ ଗିରଫ ଘଟଣାକୁ ଅନୁଧ୍ୟାନ କଲେ ଜଣାଯାଏ ଯେ କଲେଜ ନିଜ ସ୍ୱାର୍ଥ ସାଧାରଣ ନିମନ୍ତେ ପୋଲିସକୁ ହାତ ବାରିସ କରି ବ୍ୟବହାର କରୁଥିଲା । ପୋଲିସର ଧମକ ଚମକ ଦେଇ କାମ ହାତଇବା ସହିତ ଯେ କେହିବି ତାଙ୍କ ସ୍ୱାର୍ଥ ରେ ବାଧା ସୃଷ୍ଟି କରୁଥିଲେ ତାଙ୍କୁ ଜେଣେ ତେଣେ ପ୍ରକାରଣେ ପୋଲିସ ସହାୟତା ନେଇ ଗିରଫ କରାଇ ଯୋଡା ଅ ଳ ରେ ଭୟର ବା ାବରଣ ସୃଷ୍ଟି କରୁଥିଲେ । ଘଟଣା ଦିନ ବାଂଶପାଣି ସାଇଡିଂରେ ବିବାଦର ସୂତ୍ରପାତ୍ର ଏବଂ ଆକ୍ରମଣର ମାଷ୍ଟର ମାଇଣ୍ଡ କଲେଜ ଥିବା ନେଇ ଫିରୋଜ ମହମ୍ମଦ ଓରଫ କଲେଜ ଥିବା ନେଇ ଯଥେଷ୍ଟ ପ୍ରମାଣ ମିଳୁଥିଲେ ମଧ ଯୋଡା ଥାନା ପୋଲିସ ଏଯାବତ କଲେଜକୁ କାହିଁକି ଗିରଫ କରିନାହିଁ ତାକୁ ନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି । କଲେଜ ର ଭଣଜା କୁ ଗିରଫ କରିଥିବା ବେଳେ ମାଷ୍ଟର ମାଇଣ୍ଡ କଲେଜ ଫେରାର ଥିବା ପୋଲିସର ସ୍ୱଚ୍ଛତା ଉପରେ ଆଙ୍ଗୁଳି ନିର୍ଦ୍ଦେଶ କରୁଛି । କଲେଜ ଭଳି ଜଣେ ସାଧାରଣ ଲୋକ ଏତେ ଶିଘ୍ର ପୋଲିସର ଆସ୍ଥାଭାଜନ କିପରି ହୋଇପାରିଲା ଏବଂ ଏଯାବତ ତାର କାର୍ଯ୍ୟକଳାପ ପୋଲିସ ରାଡାରକୁ ନଆସିବା ଘଟଣା ସମସ୍ତଙ୍କୁ ଚକିତ କରିଛି ।

## Notice

By virtue of an affidavit sworn before Executive Magistrate, Odagaon dated 2.1.2025 I, Sumitra Parida addres Pantikharisasan, Po- Ranganipatana, Dist - Nayagarh declare that I have changed my name from Sumitra Swain to Sumitra Parida Henceforth, I shall be be know as Sumitra Parida for all purposes.

**Sumitra Parida**

# ଜନଶକ୍ତି ପାର୍ଟି ପକ୍ଷରୁ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ସ୍ମାରକ ପତ୍ର

କେନ୍ଦ୍ରାପଡା (ପିଏନ)- ଜନଶକ୍ତି ପାର୍ଟି ପକ୍ଷରୁ କରୋନା ମହାମାରୀ ସମୟରେ ରାଜ୍ୟରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ଥ ହୋଇ ପଡିଥିବା ଅଭିଯୋଗ କରାଯାଇଛି । ଉଦାହରଣ ସ୍ୱରୁପ କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ୬୨ ଟି ଡାକ୍ତର ପଦବୀ ମଧ୍ୟରୁ ମାତ୍ର ୨୩ ଜଣ ଡାକ୍ତର ଅଛନ୍ତି । ଅନେକ ସମୟରେ ଡାକ୍ତରମାନେ ବେସରକାରୀ ଭାବେ ଚିକିତ୍ସା କରୁଥିବାରୁ ଗରିବ ଅସହାୟ ଲୋକ ମାନଙ୍କୁ ପ୍ରକୃତ ଚିକିତ୍ସା କରାନଯାଇ କଟକ ବଡ ଡାକ୍ତରଖାନାକୁ ପଠାଇ ଦିଆଯାଉଛି । ଗରିବ ଲୋକଟି ଆମ୍ବୁଲାନସ ସୁବିଧାରୁ ମଧ୍ୟ ବଂଚିତ ହେଉଛି । ସେହିପରି କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ପର୍ଯ୍ୟାପ୍ତ ସଂଖ୍ୟକ ବେଡ ନାହିଁ ଏବଂ ଯାହା କିଛି ଅଛି ତାହା ସମ୍ପୂର୍ଣ୍ଣ ଭାବେ ପୁରୁଣା ଓ ନଷ୍ଟ ହୋଇ ଯାଇଛି । ୨.୯୦ କି.ମି ବାଟ ଟ୍ରଲିରେ ବୁହା ହୋଇ ଆସିଥିବା ଅସହାୟ ମହିଳାଙ୍କ ମୃତ୍ୟୁର ପ୍ରକୃତ ତଦନ୍ତ କରାଗଲେ ଓଡିଶାରେ ସ୍ୱାସ୍ଥ୍ୟସେବାର ପ୍ରକୃତ ଚିତ୍ର ପଦାକୁ ଆସିପାରିବ । ସେହି ପରିବାରର ଜଣଙ୍କୁ ସରକାରୀ ଚାକିରୀ ପ୍ରଦାନ କରାଯାଉ । ଓଡିଶାରେ ବିଭିନ୍ନ ଖାଉଟି ସାମଗ୍ରୀ ଓ ପନିପରିବାର ଅହେତୁକ ଦର ବୃଦ୍ଧି ଜନ ସମାଜକୁ ବ୍ୟଥିତ କରୁଛି । ଏହାର ନିରାକରଣ ନିମନ୍ତେ ଉଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲି ଜନଶକ୍ତି ପାର୍ଟି ପକ୍ଷରୁ ଦାବୀ କରାଯାଇଛି । ଜନଶକ୍ତି ପାର୍ଟିର ରାଜ୍ୟ ସଭାପତି ଆଡଭୋକେଟ ପ୍ରଦୀପ କୁମାର ଦାଶ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର ସହକାରୀ ଜିଲ୍ଲାପାଳ ଶିବ ମଲ୍ଲିକଙ୍କୁ ପ୍ରଦାନ କରିଛନ୍ତି ।

# ଚୋରୀ ମାମଲାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣକୁ ଉଠାଇନେଇଛି

କେନ୍ଦ୍ରାପଡା, (ପିଏନ)- କେନ୍ଦ୍ରାପଡା ସହରର ସଟରତାଡି ଚୋରୀ କରିବା ଓ ମହିଳା ବିଜେଡି ସଭାନେତ୍ରୀଙ୍କ ଘରୁ ଝରକା ରେଲିଂ ତାଡି ଚୋରୀ କରିବା ଘଟଣାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣକୁ ସନ୍ଦେହରେ ଉଠାଇ ନେଇ କୌଣସି ଏକ ଅଜଣା ସ୍ଥାନରେ ରଖି ପଚରାଉଚୁରା କରୁଥିବା ଜଣାପଡିଛି । ପୋଲିସ ଉଠାଇ ନେଇଥିବା ସଂପୃକ୍ତ ବ୍ୟକ୍ତି ହେଉଛନ୍ତି ଟାଉନ ଥାନା ଅନ୍ତର୍ଗତ ରଣପଡା ଗ୍ରାମର ସେକ ବାବୁ ।

# ଓଡ଼ିଶା ସରକାରଙ୍କ ବିଶ୍ୱବିଦ୍ୟାଳୟ ସଂସ୍କାର ବିରୋଧରେ ପ୍ରଧାନମନ୍ତ୍ରୀଙ୍କୁ ସ୍ମାରକପତ୍ର ପ୍ରଦାନ

ବାରିପଦା, (ପିଏନ)- ଓଡ଼ିଶାରେ ବିଶ୍ୱବିଦ୍ୟାଳୟଗୁଡ଼ିକରେ ସଂସ୍କାର ଆଣିବା ନିମନ୍ତେ ଗତ ସେପ୍ଟେମ୍ବର ୪ରେ ପ୍ରକାଶିତ ଅଧ୍ୟାଦେଶ ସଂଖ୍ୟା ୮୨୧୯-ଆଇ-ଲେଗିସି- ୩୫/ ୨୦୨୦/ ଏଲକୁ ବିରୋଧ କରି ମୟୂରଭଞ୍ଜ ସିଟିଜେନ ଫୋରମ୍, ମୟୂରଭଞ୍ଜ ସାହିତ୍ୟ ପରିଷଦ ପ୍ରମୁଖ ସଙ୍ଗଠନ ସହ ଜିଲ୍ଲାର ବୁଦ୍ଧିଜୀବୀଗଣ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଦୃଷ୍ଟି ଆକର୍ଷଣ ନିମନ୍ତେ ଏକ ସ୍ମାରକପତ୍ର ପ୍ରଦାନ କରିଛନ୍ତି । ପ୍ରକାଶିତ ଅଧ୍ୟାଦେଶ ଅନୁଯାୟୀ ରାଜ୍ୟରେ ଥିବା ସମସ୍ତ ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକ ନିଯୁକ୍ତି ଏଣିକି ବିଶ୍ୱବିଦ୍ୟାଳୟ ସ୍ତରରେ କୁଳପତିଙ୍କ ଅଧକ୍ଷତାରେ ନହୋଇ ଓଡ଼ିଶା ପବ୍ଲିକ ସର୍ଭିସ୍ କମିଶନଙ୍କ ଦ୍ୱାରା କରାଯିବ । ଯାହାକୁ ନେଇ ବିବାଦ ଦେଖାଦେଇଛି । ବିଶ୍ୱବିଦ୍ୟାଳୟ ଏକ ସ୍ୱୟଂଚାଳିତ ଶିକ୍ଷା ଅନୁଷ୍ଠାନ । ଉହା ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ଆର୍ଥିକ ସହଯୋଗରେ ପରିଚାଳିତ ହୋଇଥାଏ । ଏହାର ଆସିଷ୍ଟାଂଟ ପ୍ରଫେସର, ଆସୋସିଏଟ ପ୍ରଫେସର, ପ୍ରଫେସର ନିଯୁକ୍ତି ପ୍ରକ୍ରିୟା ଭାରତ ସରକାରଙ୍କ ସ୍ୱତନ୍ତ୍ର ଅନୁଷ୍ଠାନ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ନିର୍ଦ୍ଦିଷ୍ଟ ନୀତି, ମାର୍ଗଦର୍ଶୀକା ଅନୁଯାୟୀ ହୋଇଥାଏ । ସେହିପରି ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକମାନଙ୍କର ଚାକିରୀରୁ ଅବସର, ପଦୋନ୍ନତି, ପରିତ୍ୟାଗ, ବୀଦେଶ ଗମନ, ଅନ୍ୟ ବିଶ୍ୱବିଦ୍ୟାଳୟରେ ଯୋଗଦାନ ଆଦି କାରଣରୁ ପ୍ରତ୍ୟେକ ବର୍ଷ ବହୁ ପଦବୀ ଖାଲିପଡ଼ିଥାଏ । ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ ନୀତି ଓ ମାର୍ଗଦର୍ଶୀକା ଅନୁଯାୟୀ ସମ୍ପୃକ୍ତ ବିଶ୍ୱବିଦ୍ୟାଳୟରେ କୁଳପତିଙ୍କ ଅଧକ୍ଷତାରେ ପରିଚାଳିତ ଶିକ୍ଷକ ନିଯୁକ୍ତି ଚୟନ କମିଟି ତତ୍କାଳ ଏହାର ନିଯୁକ୍ତି ପ୍ରକ୍ରିୟା ଶେଷ କରି ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା ବାତାବରଣକୁ ରକ୍ଷା କରିପାରିଥାଏ । ବିଶ୍ୱବିଦ୍ୟାଳୟ ସମାଜର ସର୍ବୋଚ୍ଚ ସମ୍ମାନୀୟ ଜ୍ଞାନ ଓ ଗବେଷଣାର ପବିତ୍ର କ୍ଷେତ୍ର ହୋଇଥିବା ସମୟରେ କୁଳପତି ମଧ ସର୍ବୋଚ୍ଚ ସମ୍ମାନୀୟ ବ୍ୟକ୍ତି ଅଟନ୍ତି । ବିଶ୍ୱବିଦ୍ୟାଳୟମାନଙ୍କରେ ଶିକ୍ଷକ ନିଯୁକ୍ତି ପ୍ରକ୍ରିୟା ଓଡ଼ିଶା ପବ୍ଲକି ସାର୍ଭିସ କମିଶନଙ୍କ ଦ୍ୱାରା ପରିଚାଳିତ ହେଲେ ଖୋଲା ଖୋଲି ଭାବରେ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ଶିକ୍ଷକ ନିଯୁକ୍ତି ପ୍ରକ୍ରିୟାର ନୀତି ଓ ମାର୍ଗଦର୍ଶୀକାକୁ ଉଲ୍ଲଙ୍ଘନ କରାଇବ । ପୁଣି ଓପିଏସସି ଦ୍ୱାରା ନିଯୁକ୍ତି ପ୍ରକ୍ରିୟା ଶେଷ କରିବା ଅସମ୍ଭବ ଅଟେ । ଫଳରେ ଶିକ୍ଷକ ଅଭାବ ଜନିତ ପରିସ୍ଥିତି ହେତୁ ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା କ୍ଷେତ୍ରରେ ବିଭିନ୍ନ ସମସ୍ୟା ସୃଷ୍ଟିହେବା ସାଙ୍ଗକୁ ଅଶାନ୍ତ ବାତାବରଣର କାରଣ ପାଲଟି ଯିବ । ପୁଣି କୁଳପତି ପରି ସର୍ବୋଚ୍ଚ ପଦବୀର ଅମର୍ଯ୍ୟାଦା ହୋଇ ତାହା ପ୍ରଶାସନ ଓ ଅମଲାତନ୍ତ୍ରର ଖେଳନା ହୋଇଯିବ । ଏଥି ସହିତ ବିଶ୍ୱବିଦ୍ୟାଳୟର ଚରମ ଅଧୋଗତି ହେବ ବୋଲି ଦର୍ଶାଇ ମୟୁରଭଞ୍ଜ ସିଟିଜେନ ଫୋରମ ସଭାପତି ପୂର୍ଣ୍ଣଚନ୍ଦ୍ର ବୁଗୁଡ଼େଇ, ଓଡ଼ିଆ ଜାଗରଣ ମଂଚର ସଭାପତି ଶରତ ଚନ୍ଦ୍ର ନାୟକ, ମୟୂରଭଞ୍ଜ ସାହିତ୍ୟ ପରିଷଦର ସଭାପତି ପଦ୍ମନାଭ ସାହୁ ପ୍ରମୁଖଙ୍କ ସମେତ ଜିଲ୍ଲାରୁ ବହୁ ମାନ୍ୟଗଣ୍ୟ ବ୍ୟକ୍ତି, ବୁଦ୍ଧିଜୀବୀ ସ୍ୱାକ୍ଷର ସମ୍ବଳିତ ଏକ ସ୍ମାରକପତ୍ର ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପ୍ରଦାନ କରିଥିବା ବେଳେ ଏହାର ନକଲ ଭାରତ ସରକାରଙ୍କ ଶିକ୍ଷାମନ୍ତ୍ରୀ, ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗର ଚେୟାରମ୍ୟାନ ଓ ସେକ୍ରେଟେରୀ, ଓଡ଼ିଶା ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ଓଡ଼ିଶା ସରକାରଙ୍କ ଉଚ୍ଚଶିକ୍ଷା ମନ୍ତ୍ରୀ, ମୟୂରଭଞ୍ଜ ଲୋକସଭା ସାଂସଦ ପ୍ରମୁଖଙ୍କୁ ପ୍ରଦାନ କରାଯାଇଛି ।

# ବିଜୁଳି ଓ ରାସ୍ତାରୁ ବଂଚିତ ଚନ୍ଦନପୁର ଜେନାସାହି ଗ୍ରାମବାସୀ

## ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣା ଦେବାକୁ ଚେତାବନୀ

କେନ୍ଦ୍ରାପଡା, (ପିଏନ)- ସ୍ୱାଧିନତାର ୭୪ ବର୍ଷ ପରେ ମଧ ଗ୍ରାମବାସୀ ମାନେ ଗାଁକୁ ଯିବାକୁ ରାସ୍ତା ପାଉ ନଥିବା ବେଳେ ଗ୍ରାମ୍ୟ ବିଦ୍ୟୁତକରଣ ଯୋଜନା ସାତ ସପନ ହୋଇ ରହିଛି । ରାସ୍ତା ନଥିବାରୁ ବର୍ଷ ସାରା ପାଣି କାଦୁଅରେ ପଶି ବିଲ ଭିତରେ ନିଜ ଘରକୁ ଯାଉଥିବା ଭଳି ଏକ ବାସ୍ତବ ଚିତ୍ର କେନ୍ଦ୍ରାପଡା ବ୍ଲକ ଅଧିନ କଂସାର ପଂଚାୟତର ଚନ୍ଦନପୁର ଗ୍ରାମର ଜେନାସାହିରେ ଦେଖିବାକୁ ମିଳୁଛି । ଚନ୍ଦନପୁର ଗ୍ରାମର ପଡା ଗ୍ରାମରେ ରହୁଥିବା ପ୍ରାୟ ୨୦ଟି ପରିବାର ରାସ୍ତା ଓ ଆଲୋକ ପାଇଁ ଅଭିଶପ୍ତ ଜୀବନ ବିତାଉଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । କେନ୍ଦ୍ରାପଡା ଟାଉନରୁ ମାତ୍ର ୭ କିମି ଦୂରରେ ଅବସ୍ଥିତ ଏହି ଗ୍ରାମର ଅବସ୍ଥା ଆଖିରେ ନଦେଖିଲେ ବିଶ୍ୱାସ କରିହେବ ନାହିଁ । ନିର୍ବାଚନ ସମୟରେ ଭୋଟ୍ ପାଇଁ ପ୍ରଚାର କରିବାକୁ ଆସୁଥିବା ନେତା ମାନେ ରାସ୍ତା ଏବଂ ଆଲୁଅ ଯୋଗାଇ ଦେବା ପାଇଁ ପ୍ରତିଥର ଗ୍ରାମବାସୀଙ୍କୁ ପ୍ରତିଶୃତି ଦେଉଥିଲେ ମଧ ଏପର୍ଯ୍ୟନ୍ତ ତାହା ପାଣିର ଗାର ହୋଇ ରହିଛି । ସ୍ଥାନୀୟ ସରପଂଚ ପ୍ରଦ୍ୟୁମ୍ନ ଜେନା ଏହି ସମସ୍ୟାର ସମାଧାନ ପାଇଁ ବାରମ୍ବାର ଉଦ୍ୟମ କରିଥିଲେ ମଧ ବ୍ଲକ ପ୍ରଶାସନ, ଜିଲ୍ଲା ପ୍ରଶାସନ ଓ ବିଦ୍ୟୁତ୍ ବିଭାଗର ଅସହଯୋଗ କାରଣରୁ ସ୍ଥାନୀୟ ବାସିନ୍ଦା ଦହଗଞ୍ଜ ଭୋଗୁଥିବା ଜଣାପଡିଛି । ଏହି ଗ୍ରାମରେ ରହୁଥିବା ପ୍ରାୟ ୨୦ ଘର ଦଳିତ ସଂପ୍ରଦାୟର ପରିବାର ନିଜର ମୌଳିକ ସୁବିଧା ପାଇବା ପାଇଁ ଆପତି ଅଭିଯୋଗ କଲେ ମଧ କେହି ଶୁଣିବାକୁ ନାହାନ୍ତି । ନିର୍ବାଚିତ ପ୍ରତିନିଧି ମାନେ ଭୋଟ୍ ପାଇବା ପରେ ଦ୍ୱିତୀୟ ଥର ପାଇଁ ଗାଁ ଭିତରେ ପାଦ ପକାଉ ନଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । ଏହି ଗ୍ରାମବାସୀ ମାନଙ୍କୁ ଯାତାୟତ ପାଇଁ ରାସ୍ତା, ଆଲୋକ ଓ ପାନୀୟ ଜଳ ଯଥା ଶିଘ୍ର ପ୍ରଶାସନ ପକ୍ଷରୁ ଯୋଗାଇ ଦିଆ ନଗଲେ ଏହି ଦଳିତ ସଂପ୍ରଦାୟର ବ୍ୟକ୍ତିମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣାରେ ବସିବେ ବୋଲି ଚେତାବନୀ ଦେଇଛନ୍ତି ।


2024-2025

ADMISSION OPEN

Maharishi Public School, Baripada



STD-NURSERY TO VIII

ENROLL YOUR CHILD TODAY

Speciaö discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com

Find us on
Facebook.com/Mps, Baripada

